୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
# ପର୍ଯ୍ୟବେକ୍ଷକ
PARYABEKHYAK ପର୍ଯ୍ୟବେକ୍ଷକ
Vol.26 . No.305 Bhubaneswar Saturday January 18 2025 | ୨୬ତମ ବର୍ଷ ସଂଖ୍ୟା-୩୦୫ ଭୁବନେଶ୍ୱର, ଶନିବାର, ଜାନୁଆରୀ ୧୮, ୨୦୨୫ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

## ଓଡିଶାରେ ସିଙ୍ଗାପୁର ରାଷ୍ଟ୍ରପତି: ସେମିକଣ୍ଡକ୍ଟର, ଗ୍ରୀନ୍ ହାଇଡ୍ରୋଜେନ୍ ସହ ୮ଟି କ୍ଷେତ୍ରରେ ଏମଓୟୁ ସ୍ୱାକ୍ଷରିତ

ଭୁବନେଶ୍ୱର,୧୭।୧(ପି.ଏନ): ଚଳିତ ମାସରେ 'ଉତ୍କର୍ଷ ଓଡିଶା' କନକ୍ଲେଭ୍ ପୂର୍ବରୁ ଶୁକ୍ରବାର ଓଡିଶା ଓ ସିଙ୍ଗାପୁର ମଧ୍ୟରେ ୮ଟି ଏମଓୟୁ ସ୍ୱାକ୍ଷରିତ ହୋଇଛି । ସେମିକଣ୍ଡକ୍ଟର, ଗ୍ରୀନ୍ ହାଇଡ୍ରୋଜେନ, ପେଟ୍ରୋ କେମିକାଲସ, ଫିନଟେକ୍ ଇକୋସିଷ୍ଟମ ଓ ଦକ୍ଷତା ବିକାଶ କ୍ଷେତ୍ରରେ ଏହି ଏମଓୟୁ ଦ୍ୱାରା ଓଡିଶାକୁ ବିଶ୍ୱଦରବାରରେ ଏକ ସ୍ୱତନ୍ତ୍ର ପରିଚୟ ମିଳିବ ବୋଲି ଆଶା କରାଯାଉଛି । 'ଉତ୍କର୍ଷ ଓଡିଶା' କନକ୍ଲେଭ ପୂର୍ବରୁ ସିଙ୍ଗାପୁର ହେଉଛି ପ୍ରଥମ ରାଷ୍ଟ୍ର ଯାହାର ରାଷ୍ଟ୍ରପତି ଥରମାନ୍ ଶନମୁଗରତ୍ନମଙ୍କ ଉପସ୍ଥିତିରେ ଭୁବନେଶ୍ୱରରେ ଓଡିଶା ଓ ସିଙ୍ଗାପୁର ମଧ୍ୟରେ ଏଭଳି ବୁଝାମଣାପତ୍ର ସ୍ୱାକ୍ଷର କରିଛି । ସିଙ୍ଗାପୁର ରାଷ୍ଟ୍ରପତି ଆଜିଠୁ ଦୁଇଦିନିଆ ଓଡିଶା ଗସ୍ତରେ ଆସିଛନ୍ତି । ଆଜି ଭୁବନେଶ୍ୱରରେ ସିଙ୍ଗାପୁର ରାଷ୍ଟ୍ରପତି ଥରମାନ୍ ଶନମୁଗରତ୍ନମ ଓ ଓଡିଶା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଉପସ୍ଥିତିରେ ଭୁବନେଶ୍ୱରସ୍ଥିତ ବିଶ୍ୱ ଦକ୍ଷତା କେନ୍ଦ୍ର ପରିସରରେ ବିଭିନ୍ନ କ୍ଷେତ୍ରରେ ୮ଟି ଏମଓୟୁ ସ୍ୱାକ୍ଷରିତ ହୋଇଛି । ଏହାପରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ଯେ, ଓଡିଶାରେ ନୂଆ




ସରକାର ଆସିବା ପରେ ସରକାର ନୂଆ ଭିଜନ ଓ ମିଶନ ନେଇ ଗତ ୭ମାସ ହେଲା କାର୍ଯ୍ୟ କରୁଛନ୍ତି । ଓଡିଶାକୁ କିଭଳି ସମୃଦ୍ଧ କରାଯିବ ଓ ଦେଶ ଭିତରୁ ଓ ଦେଶ ବାହାରୁ ଶିଳ୍ପ ଆସିବେ ଓ ଅଧିକ ନିବେଶ ହେବ ସେଦିଗରେ ନିରନ୍ତର କାମ କରୁଛନ୍ତି । ଆଇଟି, କେମିକାଲ ଓ ପେଟ୍ରୋ କେମିକାଲ ଓ ଅକ୍ଷୟ ଶକ୍ତି ବିଭାଗ କ୍ଷେତ୍ରରୁ ପୁଞ୍ଜିନିବେଶ ଆସିବ ତା'ଉପରେ ଗୁରୁତ୍ୱ ଦିଆଯାଉଛି । ଉତ୍କର୍ଷ ଓଡିଶା କନକ୍ଲେଭ କାର୍ଯ୍ୟକ୍ରମ ପାଇଁ ଦିଲ୍ଲୀ,ମୁମ୍ବାଇ ଓ ସିଙ୍ଗାପୁରରେ ରୋଡ୍ ଶୋ' କରାଯାଇଥିଲା । ସେତେବେଳେ ସିଙ୍ଗାପୁର ରାଷ୍ଟ୍ରପତିଙ୍କୁ ଓଡିଶା ଆସିବା ପାଇଁ ନିମନ୍ତ୍ରଣ ଦିଆଯାଇଥିଲା । ସିଙ୍ଗାପୁର ସହାୟତାରେ ଓଡିଶାର ବିକାଶ ପାଇଁ ପ୍ରଥମେ ତାଙ୍କ ସହ ଦ୍ୱିପାକ୍ଷିକ ଆଲୋଚନା କରାଯାଇଥିଲା । ଆଜି ତାଙ୍କ ଉପସ୍ଥିତିରେ ୮ଟି ବୁଝାମଣା ପତ୍ର ସ୍ୱାକ୍ଷର ହୋଇଛି । ଏହାଦ୍ୱାରା ଓଡିଶାରେ ପୁଞ୍ଜିନିବେଶ ବଢ଼ିବା ସହ ରାଜ୍ୟର ଯୁବବର୍ଗ ଅଧିକ କୁଶଳ ହୋଇପାରିବ । ଆଗାମୀ ଦିନରେ ସିଙ୍ଗାପୁର ସହ ଅନେକ କ୍ଷେତ୍ରରେ ମଧ୍ୟ ଏମଓୟୁ ସ୍ୱାକ୍ଷର କରାଯିବ । ଆଜି ଯେଉଁ ଏମଓୟୁ ହୋଇଛି ସେହି ପ୍ରକଳ୍ପ କାର୍ଯ୍ୟକୁ ତ୍ୱରାନ୍ୱିତ ନିମନ୍ତେ ଉପଯୁକ୍ତ ସ୍ଥାନ ଚିହ୍ନଟ କରି ପ୍ରକଳ୍ପ କାମ ଆଗେଇ ନିଆଯିବ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ।

## ମାଟିରେ ମିଶିଲା କଳ୍କୀ ବାବାଙ୍କ ସାମ୍ରାଜ୍ୟ, ବୈକୁଣ୍ଠ ଆଶ୍ରମ ଉପରେ ବୁଲଡୋଜର

ଭୁବନେଶ୍ୱର,୧୭।୧(ପି.ଏନ): ଭାଙ୍ଗିଲା ଭୁବନେଶ୍ୱରର ଖଣ୍ଡଗିରି ସ୍ଥିତ ବୈକୁଣ୍ଠ ଧାମ ଆଶ୍ରମ । ବିଡିଏ ପକ୍ଷରୁ ଆଶ୍ରମ ଉପରେ ଚାଲିଲା ବୁଲ୍ ?ଡୋଜର୍ । ନିର୍ଦ୍ଧାରିତ ସମୟ ୧୨ଟାରେ ଚାଲିଲା ବୁଲଡୋଜର୍ । ୧ ପ୍ଲାଟୁନ ଫୋର୍ସ ପୋଲିସ ନିୟୋଜିତ – ସରକାରୀ ଜମିରେ ଏହି ଆଶ୍ରମ ରହିଥିବାରୁ ଉଚ୍ଛେଦ କରାଯାଇଛି । ୨ଟି ଜେସିବି ଆଶ୍ରମ ଭାଙ୍ଗିବା କାର୍ଯ୍ୟରେ ଲାଗିଥିବା ବେଳେ ୧ ପ୍ଲାଟୁନ ଫୋର୍ସ ପୋଲିସ ମଧ୍ୟ ନିୟୋଜିତ ହୋଇଛନ୍ତି । ଏହି କାର୍ଯ୍ୟରେ ଯେଭଳି କୌଣସି ବାଧା ନହୁଏ ସେଥିପାଇଁ ସବୁ ପ୍ରକାର ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି । ପୂର୍ବରୁ ଦିଆଯାଇଥିଲା ଡେଡଲାଇନ- ସୂଚନା ଅନୁସାରେ, ବିଡିଏ ପକ୍ଷରୁ ଆଶ୍ରମ ଖାଲି କରିବା ନେଇ ଘୋଷଣା




କରାଯାଇଥିଲା । ୧୨ଟା ଡେଡଲାଇନ ଦିଆଯାଇଥିବା ବେଳେ ସଠିକ ସମୟରେ ଉଚ୍ଛେଦ କାର୍ଯ୍ୟ ଆରମ୍ଭ କରାଯାଇଛି ।ସନ୍ଧ୍ୟା ସୁଦ୍ଧା ସରିବ ଉଚ୍ଛେଦ କାର୍ଯ୍ୟ- ତେବେ ଏନେଇ ବିଡିଏ ଅଧିକାରୀ କହିଛନ୍ତି, ଆଶ୍ରମ ପରିସରରେ ଉଚ୍ଛେଦ ସମୟରେ ଯେପରି କୌଣସି ଅପ୍ରତିକର ସ୍ଥିତି ସୃଷ୍ଟି ନହୁଏ ସେଥିପାଇଁ ପୋଲିସ ମୁତୟନ ରହିଛନ୍ତି । ଆଜ ସନ୍ଧ୍ୟା ସୁଦ୍ଧା ଉଚ୍ଛେଦ କାମ ଶେଷ କରାଯିବ । ଯଦି କିଛି ବାକି ରୁହେ ତେବେ ଆସନ୍ତା କାଲି ଏହାକୁ ପୂରଣ କରାଯିବ। ଏହାପରେ ୧୦୪ ଡିସିମିଲ ଜମି ଉପରେ ପାଚେରୀ ନିର୍ମାଣ କରାଯାଇ ସରକାରୀ ସମ୍ପତ୍ତିର ସୁରକ୍ଷା କରାଯିବ ।

## ନବଦାସ ହତ୍ୟାକାଣ୍ଡରେ ନୂଆ ମୋଡ, ଗୋପାଳ ନୁହେଁ ଇଏ ମାରିଥିଲେ ! ରାଜ୍ୟରେ ଚହଳ

ଭୁବନେଶ୍ୱର,୧୭।୧: ନବଦାସ ହତ୍ୟା ଘଟଣାରେ ନୂଆମୋଡ। ପୂର୍ବତନ ମନ୍ତ୍ରୀ ନବଦାସ ହତ୍ୟାକାଣ୍ଡରେ ସାମ୍ନାକୁ ଆସିଲା ଚାଞ୍ଚଲ୍ୟକର ତଥ୍ୟ। ଘଟଣାକୁ ନେଇ ଅଭିଯୁକ୍ତ ପୋଲିସ ଏଏସଆଇ ଗୋପାଳ ଦାସଙ୍କ ଓକିଲ ନରେଶ ନାୟକ ଦେଇଛନ୍ତି ବଡ଼ ସୂଚନା ।ସେ କହିଛନ୍ତି, ଏହା ଗୋଟିଏ ପ୍ରି ପ୍ଲାନିଂ ମର୍ଡର। ସେଦିନ ଗୋପାଳ ୩ଥର ବ୍ଲାଙ୍କ୍ ? ଫାୟାରିଂ କରିଥିଲେ। ବାଣ ଫୁଟିବା ଶବ୍ଦ ହେବାରୁ ବ୍ଲାଙ୍କ ଫାୟାରିଂ କରିଥିଲେ। ଅନ୍ୟ କେହି ସ୍ନାଇପର ଦୂରରେ ଥାଇ ଗୁଳି କରିଥାଇପାରନ୍ତି। ନବଙ୍କ ସାର୍ଟ ମିଳି ନ ଥିବାରୁ ସନ୍ଦେହ ଦୃଢୀଭୂତ ହେଉଛି। ପୋଲିସ ଚାର୍ଜସିଟ୍ ?ରେ ରକ୍ତଭିଜା ସାର୍ଟ ମିସିଂ ଥିବାରୁ ସନ୍ଦେହ ହେଉଛି। ଗୋପାଳଙ୍କ ଗୁଳିରେ ସୁଟ୍ ? ହୋଇନି। ଚାପରେ ପଡି ଗୋପାଳ ମାରିଥିବା କହିଛନ୍ତି ।ଅନ୍ୟପଟେ ହତ୍ୟା ଘଟଣାରେ ସିବିଆଇ ତଦନ୍ତ ନେଇ ଗୁରୁବାର ମୁହଁ ଖୋଲଥିଲେ ପୂର୍ବତନ ବିଧାୟିକା ଓ ନବଦାସଙ୍କ ଝିଅ ଦୀପାଳି ଦାସ ଓ ତାଙ୍କ ଭାଇ ବିଶାଳ ଦାସ। ବାସଭବନରେ ବୁଧବାର ସାରେ ଆୟୋଜିତ ଖବରଦାତା ସମ୍ମିଳନୀରେ ଦୀପାଳି କହିଛନ୍ତି, ବର୍ତ୍ତମାନ ଭାଜପା ସରକାରରେ ଥିବା କେତେକ ବିଧାୟକ ମୋତେ ଓ ଆମ ପରିବାରକୁ ବଦନାମ କରିବା ଭଳି ମନ୍ତବ୍ୟ ଦେଉଛନ୍ତି। ଏପରିକି କିଛି ଗଣମାଧ୍ୟମ ଆମ ପରିବାର ଏବଂ ମୋ ବିଷୟରେ ବାରମ୍ବାର ଖବର ମଧ୍ୟ ପ୍ରସାରଣ କରୁଛନ୍ତି। ଏପରିକି ଭାଜପା ସରକାରରେ ଥିବା ୨ ବିଧାୟକ ବାରମ୍ବାର ମୋ ବାପାଙ୍କ ହତ୍ୟା ଘଟଣାର ସିବିଆଇ ତଦନ୍ତ କରାଇବାରେ କାହିଁକି ଦୀପାଳି ଚୁପ ରହିଛନ୍ତି ବୋଲି ପ୍ରଶ୍ନ କରୁଛନ୍ତି।

### ନବ ଦାସଙ୍କ ଭାଇ ଘରେ ଆଇଟି ରେଡ୍, ୨୦ଟି ସ୍ଥାନରେ ଚାଲିଛି ବିଭାଗର ଖୋଳତାଡ୍

ସମ୍ବଲପୁର,୧୭।୧(ପି.ଏନ): ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ନବ ଦାସଙ୍କ ଭାଇଘରେ ଆୟକର ବିଭାଗର ଚଢ଼ାଉ । ନବଙ୍କ ଭାଇ ସୁପର କ୍ଲାସ୍ ଠିକାଦାର ବ୍ରଜକିଶୋର ଦାସଙ୍କ ଘରେ ଆଇଟି ଆଜି ସକାଳୁ ରେଡ୍ କରିଥିବା ସୂଚନା ।ଉଭୟ ଭୁବନେଶ୍ୱର ଏବଂ ଛତିଶଗଡ ଆୟକର ବିଭାଗ ମିଳିତ ଭାବେ ଏହି ଚଢ଼ାଉ କରିଛି । ଚଢ଼ାଉର କାରଣ ସ୍ପଷ୍ଟ ହୋଇ ନାହିଁ ।କେଉଁ ଆଧାରରେ ରେଡ୍ ଚାଲିଛି ତାହା ମଧ୍ୟ ଅଜଣା ରହିଛି । ରାଜ୍ୟର ୨୦ଟି ସ୍ଥାନରେ ଆୟକର ବିଭାଗର ଚଢ଼ାଉ ଚାଲିଛି ।

## ସଂଗୀତ ନା ସାଂଘାତିକ ମହାବିଦ୍ୟାଳୟ ?

ଭୁବନେଶ୍ୱର,୧୭।୧(ପି.ଏନ): ଉତ୍କଳ ସଂଗୀତ ମହାବିଦ୍ୟାଳୟ ନା ଉତ୍କଟ ସାଂଘାତିକ ମହାବିଦ୍ୟାଳୟ ? କ'ଣ ଚାଲିଛି କଲେଜରେ ? ପିଲାମାନଙ୍କୁ ସଂଗୀତ, ନୃତ୍ୟ, ନାଟକ ଶିକ୍ଷା ଦେବା ଭିତରେ ହେଉଛି କି ଯୌନ ଶୋଷଣ ? ଦେଖାଯାଉଛି, ଅନେକ ଛାତ୍ରଛାତ୍ରୀ ସାମ୍ନାକୁ ଆସି ପାଟି ଖୋଲିବାକୁ ଡରୁଛନ୍ତି। ପ୍ରାୟ ମାସେ ଭିତରେ ଦୁଇ ଜଣ ମହିଳା ଅତିଥି ଅଧ୍ୟାପକ ଦୁର୍ବ୍ୟବହାର ପାଇଁ କଲେଜ ଛାଡିବା ଦର୍ଶାଇବା ପରେ ଏଭଳି ପ୍ରଶ୍ନ ଉଠୁଛି। କଲେଜ ଅଧକ୍ଷ ଡ. ବିଜୟ କୁମାର ଜେନା ଓ ଅନ୍ୟକିଛି ଅଧ୍ୟାପକଙ୍କ ନାଁରେ ଆସିଛି ଏଭଳି ଅଭିଯୋଗ। ସରକାରୀ କଲେଜରେ ଫି' ନାଁରେ ଅଧିକ ଅର୍ଥ ଆଦାୟ ଓ ପିଲାମାନଙ୍କୁ ଦୁର୍ବ୍ୟବହାର କରାଯାଉଥିବା ଅଭିଯୋଗ ଆସିଛି। କେତେକ କ୍ଷେତ୍ରରେ ପିଲାଙ୍କ ମାର୍କ ପ୍ରକାଶ ନ କରି ହଇରାଣ କରାଯାଇଥିବାରୁ ଥାନାରେ ମାମଲା ଦାଏର ହେବା ପର୍ଯ୍ୟନ୍ତ କଥା ଯାଇଛି ଓ ପରେ ଏହାର ସମାଧାନ ହୋଇଥିବା ଦେଖାଯାଇଛି। ଏ ନେଇ ନିଜ



ନାମ ଗୋପନ ରଖି କହିଛନ୍ତି ତିନି ଜଣ ପୁରାତନ ଓ ବର୍ତ୍ତମାନର ଛାତ୍ରଛାତ୍ରୀ। ଜଣେ ଛାତ୍ରୀ ଅଭିଯୋଗ କରିଛନ୍ତି, ଆମ କଲେଜର ଅଧକ୍ଷ ବିଜୟ ସାର୍ ? ଏସବୁ ଜିନିଷ କରନ୍ତି। ପିଲାଙ୍କୁ ମାନସିକ ନିର୍ଯାତନା ଦିଅନ୍ତି। ସେ ମୋତେ କ୍ୟାରିୟର ବରବାଦ କରିଦେବେ ବୋଲି କହିଥିଲେ। ସେ ଓଡିଶୀ ଭୋକାଲ ଡିପାର୍ଟମେଣ୍ଟର। ସେହି ଡିପାର୍ଟମେଣ୍ଟର ପିଲାଙ୍କୁ ସେକ୍ସୁଆଲ ହାରାସମେଣ୍ଟ କରନ୍ତି। କୌଣସି ପ୍ରୋଗ୍ରାମକୁ ଗଲେ ଏଇଟା କରିବ, ସେଇଟା କରିବ ବୋଲି କହନ୍ତି। ଆମ ବ୍ୟାଚ୍ ?ର ଜଣେ ଛାତ୍ରୀ ବୃତ୍ତି ପାଇଥିଲେ। ସେ ତାଙ୍କୁ କହିଥିଲେ ଯେ ତୁମକୁ ବୃତ୍ତି ଦେଲେ ତାଙ୍କର କ'ଣ ଫାଇଦା ହେବ। ଝିଅମାନଙ୍କ ପିଠି ଓ ଜଙ୍ଘକୁ ଟଚ୍ କରନ୍ତି ବିଜୟ ସାର ଓ ପ୍ରଦୀପ ସାର। ୨୦୧୮ରେ ଓଡିଶୀ କଣ୍ଠ ସଂଗୀତ ବିଭାଗର ଜଣେ ଅତିଥି ଅଧ୍ୟାପକ ଜଣେ ଦୃଷ୍ଟିବାଧିତ ଛାତ୍ରୀଙ୍କୁ ଦୃଷ୍ଟିହୀନତାର ସୁଯୋଗ ନେଇ କିଭଳି କଥା ସହ ଶାରୀରିକ ଭାବେ ଯୌନ ଶୋଷଣ କରିଥିଲେ ତାର ପ୍ରମାଣ ଓଡିଶା ରିପୋର୍ଟର ହାତରେ ଲାଗିଛି। ସଂପୃକ୍ତ ଅତିଥି ଅଧ୍ୟାପକ ତା' ପର ଦିନ ବିଭାଗୀୟ ମୁଖ୍ୟଙ୍କ ନିକଟରେ ଲିଖିତ ଭୁଲ୍ ମାଗି ଏହାର ପୁନରାବୃତ୍ତି ହେବ ନାହିଁ କହିବା ପରେ ତାଙ୍କ ଉପରେ ଆଉ କାର୍ଯ୍ୟାନୁଷ୍ଠାନ ନିଆଯାଇନଥିଲା। ସେ ଏବେ ବି କଲେଜରେ ଅଧ୍ୟାପନା କରୁଛନ୍ତି।

## କର୍ମଚାରୀଙ୍କ ଦରମା ବଢ଼ିବ, ଲୋକଙ୍କର ଟିକସ ବୋଝ ବି

ଭୁବନେଶ୍ୱର,୧୭।୧(ପି.ଏନ): ଗୋଟିଏ ଦିନର ଯଥା କାମ ପାଇଁ ଯଥା ମଜୁରୀ ଶାସକର ଦାବି, ଶାସିତର ମଧ୍ୟ। ଏମିତି ନୁହେଁ ଯେ କେବଳ ଶାସକ ଶ୍ରେଣୀର ମଜୁରୀ ବା ଦରମା ବା ବେତନ ବଢ଼ିବ, କିନ୍ତୁ ଶାସିତ ବର୍ଗର ଆୟ ବଢ଼ିବ ନାହିଁ। ଏହା ନ୍ୟାୟସଙ୍ଗତ ନୁହେଁ। ଆଧୁନିକ ଗଣତନ୍ତ୍ରରେ ଯଦି ମୁଖ୍ୟମନ୍ତ୍ରୀ କିମ୍ବା ମୁଖ୍ୟ ଶାସନ ସଚିବଙ୍କର ଦରମା ବଢୁଛି ତେବେ ସେହି ଅନୁସାରେ ମୂଲିଆର ମଧ୍ୟ ମଜୁରୀ ବୃଦ୍ଧି ହେବା କଥା। ନହେଲେ ତାହା ଅନ୍ୟାୟ, ଅସମାନତା ଓ ଅସମତୁଲତା ହୋଇପାରେ।ଏଇ କିଛି ଦିନ ତଳେ ଓଡିଶାର ବିଧାୟକମାନେ ସେମାନଙ୍କର ଦରମା ବଢ଼ାଇବାକୁ ଚାହିଁଲେ। ସେମାନଙ୍କର ଏହି ଚାହିଁବା ଦଳମତ ନିର୍ବିଶେଷରେ ଏକ ଥିଲା। ସେଥିପାଇଁ ଏକ କମିଟି ଗଠନ କରାଗଲା। କମିଟିର ସୁପାରିଶ ତାହା ୫୦ ହଜାର ଟଙ୍କାରୁ ୧ ଲକ୍ଷ ଟଙ୍କାକୁ ବୃଦ୍ଧି ହୋଇପାରେ। ବିଧାୟକମାନଙ୍କର ଅନ୍ୟାନ୍ୟ ସୁବିଧା ହିସାବ କଲେ ଏହା ମାସିକ ୩ ଲକ୍ଷ ଟଙ୍କା ଟପିପାରେ। ମନ୍ତ୍ରୀ ଓ ବିଧାୟକମାନଙ୍କର ଦରମା, ଭତ୍ତା ଓ ସୁବିଧା ଇତ୍ୟାଦି ବଢ଼େଇବାର କ୍ଷମତା ଏହିପରି ଭାବେ ସେମାନଙ୍କ ହାତର କଥା। ସେହିପରି ଅମଲାମାନେ ସେମାନଙ୍କ ଦରମା ଓ ଭତ୍ତା ବଢ଼େଇବାକୁ ଚାହିଁଲେ ସେମାନେ କାମ କରୁଥିବା ସରକାରଙ୍କୁ ସହଜରେ ପ୍ରଭାବିତ କରି ଏହା ହାସଲ କରିପାରନ୍ତି। ନହେଲେ ସରକାର ଅଡୁଆରେ ପଡିବାର ସମ୍ଭାବନା ଅଛି। ପୁଣି ଅମଲାମାନଙ୍କର କେତେ ଦରମା ବଢ଼ିବ ତାହା ସେହିପରି ଅମଲା ଶ୍ରେଣୀର ଲୋକମାନେ ହିଁ ସ୍ଥିର କରିଥାନ୍ତି। ଏବେ କେନ୍ଦ୍ର ସରକାରୀ କର୍ମଚାରୀଙ୍କ ଦରମା ବଢ଼ିବା ପାଇଁ କେନ୍ଦ୍ର ସରକାର ନିଷ୍ପତ୍ତି ନେଇଛନ୍ତି। ସେଥିପାଇଁ ଅଷ୍ଟମ ବେତନ କମିଶନ ଗଠନ କରାଯିବ। ସାତ ଥର ବେତନ କମିଶନ ଗଠନ କରାଯାଇଛି ଓ ଏସବୁ କମିଶନଙ୍କ ସୁପାରିଶ ଆଧାରରେ କେନ୍ଦ୍ର ସରକାରୀ କର୍ମଚାରୀଙ୍କ ଦରମା ସାତ ଥର ବଢ଼ିଛି। କେନ୍ଦ୍ର ସରକାର ପ୍ରଣୟନ କରିଥିବା ନିୟମ ଅନୁସାରେ ପ୍ରତି ୧୦ ବର୍ଷରେ ଥରେ କେନ୍ଦ୍ର ସରକାରୀ କର୍ମଚାରୀଙ୍କ ଦରମା ବଢୁଛି। ସେଥିପାଇଁ ପ୍ରତି ୧୦ ବର୍ଷରେ ଥରେ ବେତନ କମିଶନ ଗଠନ କରାଯାଉଛି। ଏହିପରି ୨୦୧୬ ଜାନୁଆରୀ ପହିଲାରେ ସପ୍ତମ ବେତନ କମିଶନର ସୁପାରିଶ ଲାଗୁ ହୋଇଥିଲା। ତା' ପୂର୍ବରୁ ୨୦୦୬ ଜାନୁଆରୀ ପହିଲାରେ ଷଷ୍ଠ ବେତନ କମିଶନ ସୁପାରିଶ ଲାଗୁ ହୋଇଥିଲା ।ସରକାରୀ ତଥ୍ୟ ଅନୁସାରେ ଷଷ୍ଠ ବେତନ କମିଶନଙ୍କ ସୁପାରିଶ ଆଧାରରେ କେନ୍ଦ୍ର ସରକାରୀ କର୍ମଚାରୀଙ୍କ ମୂଳ ଦରମାର ବୃଦ୍ଧି ହାର ବା ଫିଟ୍‌ମେଣ୍ଟ ଫ୍ୟାକ୍ଟର ୧.୮୬ ଥିଲା ଓ ଦରମାରେ ୪୦ ପ୍ରତିଶତ ବୃଦ୍ଧି ଘଟିଥିଲା। ସେହିପରି ସପ୍ତମ ବେତନ କମିଶନଙ୍କ ସୁପାରିଶ ଅନୁସାରେ ଫିଟ୍‌ମେଣ୍ଟ ଫ୍ୟାକ୍ଟର ଥିଲା ୨.୫୭। ମୋଟ ଉପରେ ଦରମା ବ?ିଥିଲା ୨୩-୨୫ ପ୍ରତିଶତ। ସପ୍ତମ ବେତନ କମିଶନ ପରେ ସର୍ବନିମ୍ନ ମୂଳ ଦରମା ୭ ହଜାର ଟଙ୍କାରୁ ୧୮ ହଜାର ଟଙ୍କାକୁ ବୃଦ୍ଧି ପାଇଥିଲା। ଅଷ୍ଟମ ବେତନ କମିଶନଙ୍କ ସୁପାରିଶରେ ଏହା ୫୧,୪୮୦ ଟଙ୍କା ହେବ ବୋଲି ହିସାବ କରାଯାଉଛି। ଏହା ହେଲେ ମୂଳ ଦରମାର ଏହା ୧୮୬ ପ୍ରତିଶତ ବୃଦ୍ଧି ହେବ ।ସରକାରୀ କର୍ମଚାରୀମାନଙ୍କ ଦରମା ବୃଦ୍ଧି ପଛରେ ଗୋଟିଏ ଶକ୍ତିଶାଳୀ ଯୁକ୍ତି ହେଲା ଦରବୃଦ୍ଧି। ସେମାନଙ୍କୁ ମୂଳ ଦରମା ଉପରେ ମହଙ୍ଗା ଭତ୍ତା ମିଳିଥାଏ। ଏହା ପ୍ରାୟ ପ୍ରତି ୬ ମାସରେ ଥରେ ସଂଶୋଧିତ ହୋଇଥାଏ। ପ୍ରତି ବର୍ଷ ଜାନୁଆରୀ ଓ ଜୁଲାଇ ମାସରେ କେନ୍ଦ୍ର ସରକାର କର୍ମଚାରୀଙ୍କ ମହଙ୍ଗା ଭତ୍ତା ବୃଦ୍ଧି କରିଥାନ୍ତି। ଛଅ ମାସରେ ଥରେ ୨-୩ ପ୍ରତିଶତ ବ?ିଲେ ବର୍ଷକୁ ପ୍ରାୟ ୬ ପ୍ରତିଶତ ମହଙ୍ଗା ଭତ୍ତା ବୃଦ୍ଧି ପାଏ। ଏହା ୯ ବର୍ଷରେ ୫୦ ପ୍ରତିଶତ ଟପିଲେ କେନ୍ଦ୍ର ସରକାରୀ କର୍ମଚାରୀଙ୍କ ବେତନ ବୃଦ୍ଧି ପାଇଁ ସମୟ ଚାଲିଆସେ। ବେତନ କମିଶନ ସୁପାରିଶ ଆଧାରରେ ଦରମା ବ?ିଲା ପରେ ପୁଣି ତା' ଉପରେ ନିୟମିତ ଭାବେ ଦରବୃଦ୍ଧି ଭତ୍ତା ମିଶେ ଓ ଏହିପରି ଭାବେ ପୁଣି ୧୦ ବର୍ଷରେ ପୁଣି ଥରେ ମୂଳ ଦରମା ବ?ିଥାଏ। ସପ୍ତମ ବେତନ କମିଶନ ସୁପାରିଶ ଆଧାରରେ ଦେଶର ସର୍ବାଧିକ ମୂଳ ଦରମା ଅଛି ୨.୫ ଲକ୍ଷ ଟଙ୍କା। ଏହା ଉପରେ ଏବେ ପ୍ରାୟ ୫୦ ପ୍ରତିଶତ ମହଙ୍ଗା ଭତ୍ତା ସହିତ ଅନ୍ୟାନ୍ୟ ଭତ୍ତା ମିଶି ମୋଟ ଦରମା ମିଳେ। ମନେ କରନ୍ତୁ ଜଣେ କର୍ମଚାରୀଙ୍କର ମୂଳ ଦରମା ହେଉଛି ୭ ହଜାର। ସେ ମହାଶୟ ତାହା ଉପରେ ୫୦ ପ୍ରତିଶତ ମହଙ୍ଗା ଭତ୍ତା ପାଇଲେ ମାସିକ ସେ ପାଇବେ ୭ ହଜାର ଯୁକ୍ତ ୩.୫ ହଜାର ସମାନ ୧୦,୫୦୦ ଟଙ୍କା। ଅବଶ୍ୟ ସେମାନଙ୍କୁ ଅନ୍ୟାନ୍ୟ ଭତ୍ତା ମିଳିଥାଏ। ଘରଭଡା ଭତ୍ତା, ଅଫିସ ଯିବା ଆସିବା ଭତ୍ତା, ସରକାରୀ କାମରେ କୁଆଡେ ଗଲେ ଯାତ୍ରା କାଳୀନ ଭତ୍ତା। ଏହିପରି ଭାବେ ପ୍ରାୟ ସମସ୍ତ ସରକାରୀ କର୍ମଚାରୀ ସେମାନଙ୍କ ମୂଳ ଦରମାର ଦୁଇ ଗୁଣ ପାଖାପାଖି ବେତନ ପାଇଥାନ୍ତି ।ସରକାରୀ କର୍ମଚାରୀମାନେ ସଙ୍ଗଠିତ ହୋଇଥିବାରୁ ମଝିରେ ମଝିରେ ଦରମା, ଭତ୍ତା ଓ ସୁବିଧା ଇତ୍ୟାଦି ବୃଦ୍ଧି ପାଇଁ ଦାବି କରିଥାନ୍ତି। ସେମାନେ ସରକାରଙ୍କ ସ୍ଥାୟୀ ଅଙ୍ଗ ହୋଇଥିବାରୁ ସରକାର ସେମାନଙ୍କୁ ସନ୍ତୁଷ୍ଟ କରିବାକୁ ସେମାନଙ୍କ ଦାବି ମାନି ନେଇଥାନ୍ତି। କୌଣସି ସରକାର କେବେ ପ୍ରଶ୍ନ କରନ୍ତି ନାହିଁ ଯେ ଦରବୃଦ୍ଧି ନିୟନ୍ତ୍ରଣ କରିବା କାହା ଦାୟିତ୍ୱେ ସରକାରୀ କଳର ନା ଜନ ସାଧାରଣଙ୍କର ବାସ୍ତବ କଥା ହେଉଛି ଯେଉଁମାନେ ଦରବୃଦ୍ଧି ନିୟନ୍ତ୍ରଣ କରିବାରେ ବିଫଳ ହୋଇଥାନ୍ତି ସେହିମାନେ ହିଁ ଦରବୃଦ୍ଧି ଭତ୍ତା ପାଇଥାନ୍ତି।













# ଟି ଟାଇମ୍

## ଜୋକ୍ସ



ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

ହରି-ମୁଁ ଯେତେବେଳେ ଏଠାକୁ ଆସିଲି ଖାଲି ପାଦରେ ଆସିଥିଲି ।
ଶାମ- ମୁଁ ତ ଖାଲି ଦେହରେ ଆସିଥିଲି।
ହରି-କିପରି ?
ଶାମ- ମୁଁ ପରା ଏଇଠି ଜନ୍ମ ହୋଇଛି ।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ୱା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ୱା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ପୁରାଣ କାହାଣୀ

# ରାମାୟଣ ଆଦ୍ୟକାଣ୍ଡ

ସରଜୁ ନଦୀ କୂଳରେ ଅବସ୍ଥିତ ଅଯୋଧ୍ୟା ନଗରୀ ହେଉଛି କୋଶଳ ରାଜ୍ୟର ରାଜଧାନୀ। କୋଶଳ ନରେଶ ରାଜା ଦଶରଥଙ୍କ ରାଜ୍ୱତ କାଳରେ ପ୍ରଜାମାନେ ଅତ୍ୟନ୍ତ ସୁଖରେ କାଳାତିପାତ କରୁଥିଲେ। ରାଜା ଦଶରଥଙ୍କ ତିନି ରାଣୀ ଥିଲେ କୌଶଲ୍ୟା, କୈକେୟୀ ଏବଂ ସୁମିତ୍ରା। ମାତ୍ର ବହୁ ଦିନ ଧରି ରାଜା ଅପୁତ୍ରୀକ ଥିଲେ। ତେଣୁ ଋଷି ବଶିଷ୍ଠଙ୍କ ପରାମର୍ଶ କ୍ରମେ ଋଶ୍ୟଶୃଙ୍ଗ ମୁନୀଙ୍କୁ ନିମନ୍ତ୍ରଣ କରି ତାଙ୍କରି ଦ୍ୱାରା ରାଜା ପୁତ୍ରଷ୍ଟି ଯଜ୍ଞର ଆୟୋଜନ କଲେ। ଯଜ୍ଞର ଫଳର ସ୍ୱରୂପ ପ୍ରଥମେ ରାଣୀ କୌଶଲ୍ୟାଙ୍କ ଗର୍ଭରୁ ରାମ, ରାଣୀ କୈକେୟୀଙ୍କ ଗର୍ଭରୁ ଭରତ ଏବଂ ସୁମିତ୍ରାଙ୍କ ଗର୍ଭରେ ଲକ୍ଷ୍ମଣ ଓ ଶତ୍ରୁଘ୍ନ ଜନ୍ମ ନେଲେ। ପୁରାଣ କହେ, ରାକ୍ଷାସ ରୂପି ରାବଣ ଦେବଗଣଙ୍କୁ ଅତ୍ୟାଚାର କରୁଥିଲା ଏବଂ ରାବଣର ମୃତ୍ୟୁ ମାନବାତାର ରାମଙ୍କ ଦ୍ୱାରା ନିଶ୍ଚିତ ଥିଲା। ତେଣୁ ରାବଣ ବଦ୍ଧ ନିମନ୍ତେ ମର୍ତ୍ତ୍ୟରେ ମାନବ ଅବତାର ଧାରଣ କରିବାକୁ



ଭଗବାନ ବିଷ୍ଣୁ ଇଚ୍ଛା ପ୍ରକଟ କରନେତ୍ ତାଙ୍କରି ଅଂଶରୁ ଭଗବାନଙ୍କ ଗୁଣ ସମ୍ପନ୍ନ ଚାରିପୁଅ ଦଶରଥଙ୍କ କୋଳରେ ଜନ୍ମ ଗ୍ରହଣ କରିଥିଲେ। ସମୟ କ୍ରମେ ଚାରିପୁଅ ଶାସ୍ତ୍ର ବିଦ୍ୟା ଅଧ୍ୟୟନ ସହ ଶାସ୍ତ୍ର ବିଦ୍ୟାରେ ନିପୁଣତା ହାସଲ କଲେ। ରାମଙ୍କୁ ହୋଇଥାଏ ୧୬ ବର୍ଷ ବୟସ। ଋଷି ବିଶ୍ୱାମିତ୍ର ଦିନେ ରାଜା ଦଶରଥଙ୍କ ଦରବାରକୁ ଆସିଲେ। ବଣରେ ଯଜ୍ଞ ନଷ୍ଟ କରୁଥିବା ଅସୁର ଗଣଙ୍କୁ ନିପାତ କରିବା ପାଇଁ ସହାୟତା ସ୍ୱରୂପ ସେ ରାଜା ଦଶରଥଙ୍କୁ ପୁତ୍ର ରାମଙ୍କୁ ମାଗିଲେ। ଭ୍ରାତା ଲକ୍ଷ୍ମଣ ରାମଙ୍କୁ ଅନୁସରଣ କରିବାକୁ ଇଚ୍ଛା ପ୍ରକଟ କରନ୍ତେ ରାଜାଙ୍କ ସମ୍ମତି କ୍ରମେ ଋଷି ରାମ ଓ ଲକ୍ଷ୍ମଣଙ୍କୁ ଧରି ବଣକୁ ଚାଲିଲେ। ସମୟ କ୍ରମେ ରାମ ଓ ଲକ୍ଷ୍ମଣ ଋଷି ମିଶ୍ୱାମିତ୍ରଙ୍କଠାରୁ ବହୁ ଶସ୍ତ୍ର ବିଦ୍ୟା ସହିତ ବିଭିନ୍ନ ଦୈବୀ ଅସ୍ତ୍ର ମଧ୍ୟ ଲାଭ କଲେ ଓ ଋଷିଙ୍କ ହୋମରେ ବିଘ୍ନ ସୃଷ୍ଟି କରୁଥିବା ତାଡକା ଅସୁରୁଣୀ ସହିତ ଅନ୍ୟାନ୍ୟ ଅସୁରମାନଙ୍କୁ ବଦ୍ଧ କଲେ।

# ଗରିବରୁ ହେଲେ ଧନୀ

ଗରିବ ଚାଷୀ ପରିବାରରେ ଜନ୍ମ ହୋଇଥିଲା ତାଙ୍କର। ମାତ୍ର ନିଜର ଦୃଢଇଚ୍ଛା ଶକ୍ତି ଓ ପରିଶ୍ରମ ବଳରେ ସେ ଆଜି ପାଇଛନ୍ତି ସଫଳତା। କୌଣସି ଡିଗ୍ରୀ ନଥାଇ ମଧ୍ୟ ସେ ଆଜି ସଫଳ ଉଦେ୍ୟାଗପତି। ପ୍ରତିଷ୍ଠା କରିଛନ୍ତି ଏୟାରଲାଇନ କମ୍ପାନୀ। ଯାହାଦ୍ୱାରା ତାଙ୍କ ଅଞ୍ଚଳରେ ଜମୁଛି ପର୍ଯ୍ୟଟକଙ୍କ ଭିଡ। ଏହି ଉଦେ୍ୟାଗପତି ଜଣକ ହେଉଛନ୍ତି ବୁଦ୍ଧିପ୍ରକାଶ ଠାକୁର। ହିମାଚଳ ପ୍ରଦେଶ କୁଲୁ ଜିଲ୍ଲାର ଖାକନାଲ ଗ୍ରାମରେ ଏକ ଚାଷୀ ପରିବାରରେ ଜନ୍ମ ହୋଇଥିଲା ବୁଦ୍ଧି ପ୍ରକାଶଙ୍କର। ତାଙ୍କ ବାପା ନିଜ ଅଧିନରେ ଥିବା କିଛି ଜମି ଚାଷ କରି ପରିବାର ପ୍ରତିପୋଷଣ କରୁଥିଲେ। ନିଜେ ଅଶିକ୍ଷିତ ହେଲେ ମଧ୍ୟ ପିଲାମାନଙ୍କୁ ପାଠପଢାର ସୁଯୋଗ ଦେଇଥିଲେ ତାଙ୍କ ବାପା। ଯାହାଦ୍ୱାରା ବୁଦ୍ଧି ପ୍ରକାଶ ଓ ତାଙ୍କ ଦୁଇ ଭାଇ ଗ୍ରାମର ଏକ ସରକାରୀ ସ୍କୁଲରେ ପାଠପଢୁଥିଲେ। ପାଠପଢା ସହ ମଧ୍ୟ ବୁଦ୍ଧି ପ୍ରକାଶ ତାଙ୍କ ବାପାଙ୍କୁ ଚାଷ କାର୍ଯ୍ୟରେ ସାହାଯ୍ୟ କରୁଥିଲେ। ସ୍କୁଲ ଶେଷ କରିବା ପରେ ବୁଦ୍ଧି ଉଚ୍ଚ ଶିକ୍ଷା ପାଇଁ ଚାଲିଯାଇଥିଲେ ଚଣ୍ଡିଗଡ। ସେଠାରେ ଯୁକ୍ତ ଦୁଇ ଶେଷ କରିବା ପରେ ଚଣ୍ଡିଗଡ ବିଶ୍ୱବିଦ୍ୟାଳୟରେ ସ୍ନାତକରେ ନାମ ଲେଖାଇଥିଲେ। ନାମ ସିନା ଲେଖାଇଦେଲେ କିନ୍ତୁ ପଢା ଶେଷ କରିପାରିଲେ ନାହିଁ। ପରିବାରର ଆର୍ଥିକ ଅବସ୍ଥା ତାଙ୍କୁ ଆଗକୁ ପଢିବା ପାଇଁ ଦେଇନଥିଲା ଏବଂ ସେ ଫେରି ଆସିଥିଲେ ଗ୍ରାମକୁ। ବାପାଙ୍କ ସହ ମିଶି ଆରମ୍ଭ କଲେ ସେଓ ଚାଷ। ଯାହାକି ଧୀରେ ଧୀରେ କରି ବୃଦ୍ଧି ପାଇଥିଲା। ନିଜ ଅଞ୍ଚଳ ବ୍ୟତୀତ ଅନ୍ୟ ରାଜ୍ୟରେ ବିକ୍ରି କରିବା ଆରମ୍ଭ କରିଥିଲେ ସେମାନେ। ଯାହାଦ୍ୱାରା ପରିବାରର ଆର୍ଥିକ ଅବସ୍ଥାରେ କିଛିମାତ୍ରାରେ ସୁଧାର ଆସିଥିଲା। ମନାଲିଠାରୁ ମାତ୍ର ୯କିଲୋମିଟର ଦୂରରେ ଥିବା ତାଙ୍କ ଗ୍ରାମକୁ ଭ୍ରମଣ ଋତୁରେ ଅନେକ ସଂଖ୍ୟାରେ ପର୍ଯ୍ୟଟକଙ୍କ ଭିଡ ଲାଗିଥାଏ। ବର୍ଷକୁ ବର୍ଷ ପର୍ଯ୍ୟଟକଙ୍କ ବର୍ଦ୍ଧିତ ସଂଖ୍ୟାକୁ ଦୃଷ୍ଟିରେ ରଖି ବୁଦ୍ଧିପ୍ରକାଶ ଓ ତାଙ୍କ ବାପା ନିଜ ଗ୍ରାମରେ ଏକ ପାଞ୍ଚ ରୁମ ବିଶିଷ୍ଟ ଯାତ୍ରୀ ନିବାସ ନିର୍ମାଣ କରିଥିଲେ। ଏହାର ପ୍ରାୟ ୬ବର୍ଷ ପରେ ତାଙ୍କର ଏହି ଯାତ୍ରୀ ନିବାସ ସାର୍ଥକ ରିସୋର୍ଟରେ ପରିବର୍ତ୍ତିତ ହୋଇଥିଲା। ୫ଟି ରୁମ ବଦଳରେ ୬୫ଟି ରୁମ ରହିଲା। ରିସୋର୍ଟ ଭଲ ଚାଲିବା ସହ ତାଙ୍କ ପରିବାରର ଆର୍ଥିକ ଅବସ୍ଥାରେ ମଧ୍ୟ ବହୁ ସୁଧାର ଆସିଥିଲା। ଧୀରେ ଧୀରେ କରି ବୁଦ୍ଧିପ୍ରକାଶ ମନାଲି ର ପ୍ରତି ଅଞ୍ଚଳରେ ଜଣେ ସମ୍ମାନସ୍ପଦ ହୋଟେଲ ମାଲିକ ଭାବେ ପରିଚିତ ହୋଇଗଲେ। ବିଭିନ୍ନ ଟୁରିଜିମ କମ୍ପାନୀ ମାନଙ୍କ ସହ କାର୍ଯ୍ୟ କରିବାର କିଛିବର୍ଷ ପରେ ସେ ହିମାଳୟ ହଲିଡେଜ ନାମରେ ନିଜର ଏକ କମ୍ପାନୀ ଆରମ୍ଭ କରିଥିଲେ। ଏହି କମ୍ପାନୀ ପର୍ଯ୍ୟଟକ ମାନଙ୍କୁ ସେମାନଙ୍କୁ ଇଚ୍ଛା ଓ ବଜେଟ ଅନୁଯାୟୀ ସ୍ଥାନକୁ ବୁଲାଇନେଲା। ମାତ୍ର ଏତିକିରେ ତାଙ୍କ ମନଭରି ନଥିଲା। ସେ ଚାହୁଁଥିଲେ କି ଅଧିକରୁ ଅଧିକ ପର୍ଯ୍ୟଟକ ମନାଲି ଆସିବା ସହ ତାଙ୍କ ଗ୍ରାମକୁ ମଧ୍ୟ ଆସନ୍ତୁ। କିନ୍ତୁ ଏଥିରେ ବାଧା ସାଜୁଥିଲା ଗମନାଗମନ। ମନାଲିକୁ ସିଧାସଳଖ ଟ୍ରେନ କିମ୍ୱା ବିମାନ ଯାଉନଥିଲା ଏବଂ ବସରେ ଯିବା ପର୍ଯ୍ୟଟକଙ୍କ ପାଇଁ ବିପଦଜ୍ଜନକ ହେଉଥିଲା। ଏହି ଅସୁବିଧା ସବୁକୁ ଦୂର କରିବା ପାଇଁ ବୁଦ୍ଧିପ୍ରକାଶ ହିମାଳୟ ହଲିଡେଜ କମ୍ପାନୀ ଅଧିନରେ ଆରମ୍ଭ କଲେ ଏୟାର ହିମାଳୟ ନାମରେ କମ୍ପାନୀ। ନିଜ ସଞ୍ଚିତ ଅର୍ଥ ଓ ବ୍ୟାଙ୍କରୁ ଋଣ କରି ନିଜ ଅଞ୍ଚଳରେ ପ୍ରତିଷ୍ଠା କଲେ ଏହି ପ୍ରଥମ ଘରୋଇ ବିମାନ ଚଳାଚଳ କମ୍ପାନୀ। ୨୦୧୪ ଅପ୍ରେଲରେ ଅନ୍ୟ ଏକ କମ୍ପାନୀ ଠାରୁ ୯ଟି ସିଟ ଥିବା ଏକ ବିମାନ ଭଡାରେ ଆଣି ଚଣ୍ଡିଗଡ ଠାରୁ କୁଲୁ ରୁଟରେ ଚଳାଇଥିଲେ। ପର୍ଯ୍ୟଟକଙ୍କ ଭିଡକୁ ଲକ୍ଷ୍ୟ କରି ବିମାନକୁ ଦିନରେ ଦୁଇରୁ ତିନି ଥର ଚଳାଯାଇଥିଲା। କିନ୍ତୁ ୨୦୧୫ ବୁଦ୍ଧିପ୍ରକାଶଙ୍କ ପାଇଁ ଖରାପ ସମୟ ଆଣିଥିଲା। କମ୍ପାନୀ ପ୍ରତିଷ୍ଠା ସମୟର ଜଣେ ସହଯୋଗୀ ହାତ ଛାଡି ଦେଇଥିବାରୁ ଏକାକୀ ବୁଦ୍ଧିଙ୍କୁ ସମସ୍ତ କାର୍ଯ୍ୟ ସମ୍ଭାଳିବାକୁ ପଡିଥିଲା। ଆର୍ଥିକ ସଙ୍କଟ ଯୋଗୁଁ ବ୍ୟବସାୟରେ ମାନ୍ଦାବସ୍ଥା ଆସିଥିଲା। ତଥାପି ମଧ୍ୟ ବୁଦ୍ଧି ହାର ମାନିନଥିଲେ। ତାଙ୍କର ନିଷ୍ଠା ଆଜି ବି ଏୟାର ହିମାଳୟକୁ ଭାଙ୍ଗିବାକୁ ଦେଇନାହିଁ। ବୁଦ୍ଧିପ୍ରକାଶଙ୍କ କହିବାନୁଯାୟୀ, ରାସ୍ତା କଠିନ ହୋଇଥିଲେ ମଧ୍ୟ ମୁଁ ମୋ ସ୍ୱପ୍ନ ପୂରଣ କରିବାରୁ ବିଚ୍ୟୁତି ହେବି ନାହିଁ।



# ବିହାରରେ ହେବ ବିଶ୍ୱର ସବୁଠାରୁ ବଡ଼ ମନ୍ଦିର

ପାଟନା ଖୁବଶୀଘ୍ର ବିହାରରେ ତିଆରି ହେବାକୁ ଯାଉଛି ବିଶ୍ୱର ସବୁଠାରୁ ବଡ଼ ମନ୍ଦିର। ଏଥିପାଇଁ ସମସ୍ତ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚି ସାରିଛି। ପୂର୍ବରୁ ଏହି ମନ୍ଦିର ତିଆରି ପାଇଁ ତାରିଖ ଧାର୍ଯ୍ୟ ହୋଇଥିଲା ବେଳେ କାମ୍ବୋଡିଆ ସରକାରଙ୍କ ବିରୋଧ କାରଣରୁ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରାଯାଉଛି। ପାଟନାସ୍ଥିତ ମହାବୀର ମନ୍ଦିର ଟ୍ରଷ୍ଟର କିଶୋର କୁଣାଳ କହିଛନ୍ତି ଯେ ଆମେ ଏଠାରେ ଏକ ବିରାଟ ରାମାୟଣ ମନ୍ଦିର ନିର୍ମାଣର ନିଷ୍ପତ୍ତି ନେଇଛୁ। ତେବେ କାମ୍ବୋଡିଆ ସରକାର ଅଭିଯୋଗ ଆଣିଥିଲେ ଯେ ପ୍ରସ୍ତାବିତ ମନ୍ଦିରର ଢାଞ୍ଚା ତାଙ୍କ ଦେଶରେ ଥିବା ଅଙ୍ଗକୋର ବାଟ ମନ୍ଦିରର ଢାଞ୍ଚା ସହ ଦିଶୁଛି। ସେଥିପାଇଁ ଆମେ ଏବେ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରିସାରିଛୁ। ଆସନ୍ତା ହୋଲି ପର୍ବ ପରେ ମନ୍ଦିର



ନିର୍ମାଣ କାର୍ଯ୍ୟ ଆରମ୍ଭ ହେବ। ପ୍ରସ୍ତାବିତ ମନ୍ଦିରଟି ପଶ୍ଚିମ ଚମ୍ପାରଣ୍ୟ ଜିଲାର କେସରିଆ ନିକଟ ଜାନକି ନଗରର ୧୬୫ଏକର ସ୍ଥାନରେ ତିଆରି ହେବ। ପ୍ରଥମ ପର୍ଯ୍ୟାୟରେ ରାମାୟଣ ମନ୍ଦିର, ଶିବ ମନ୍ଦିର ଏବଂ ମହାବୀର ମନ୍ଦିରର ନିର୍ମାଣ ହେବାକୁ ଥିବା ବେଳେ ଏବାବଦରେ ୨୦୦କୋଟି ଟଙ୍କା ଖର୍ଚ୍ଚ କରାଯିବ। ମନ୍ଦିରର ମୁଖ୍ୟ ଆକର୍ଷଣ ହେଉଛି ଏହାର ୪୦୫ଫୁଟ ଉଚ୍ଚ ଅଷ୍ଟଭୂଜିୟ ମିନାର। ଏହା କାମ୍ବୋଡିଆର ମନ୍ଦିରର ମିନାର ଠାରୁ ୨୧୫ଫୁଟ ଅଧିକ ଉଚ୍ଚ ହେବ। ଏଥିସହ ମନ୍ଦିର ପରିସରରେ ୪୪ଫୁଟ ଉଚ୍ଚ ଏବଂ ୩୩ଫୁଟ ଗୋଲେଇ ବିଶିଷ୍ଟ ଏକ ଶିବ ଲିଙ୍ଗ ମଧ୍ୟ ପ୍ରତିଷ୍ଠା କରାଯିବାର ଯୋଜନା ରହିଛି। ଯାହା ବିଶ୍ୱର ସବୁଠାରୁ ବଡ଼ ଶିବ ଲିଙ୍ଗ ହେବ।

# ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ



ଓଡିଶା ମୟୂରଭଂଜ ଜିଲ୍ଲାର ବାରିପଦା ଠାରେ ଜନ୍ମିତ ଜଣେ ସୁଶାସକ ଓ ଭାଷା ଆନ୍ଦୋଳନର ପୁରୋଧା ଥିଲା। ସେ ରାଜ୍ୟର ମଙ୍ଗଳ ତଥା ପ୍ରଜାଙ୍କ ହିତ ପାଇଁ ସର୍ବଦା ଚେଷ୍ଟିତ୍ ଥିଲେ। ଶ୍ରୀରାମଚନ୍ଦ୍ର ଜଣେ ସରଳ ଓ ଅମାୟିକ ବ୍ୟକ୍ତି ଭାବେ ପରିଚିତ ଥିଲେ। ଛାତ୍ର ବୟସରେ ସହପାଠୀଙ୍କ ସହିତ ସରଳ ଭାବରେ ମିଶୁଥିଲେ। ପାଠ ପଢୁଥିବା ସମୟରେ ସେ ଅନେକ ସ୍ଥାନ ବୁଲି ଯାଇଥିଲେ। ମାତ୍ର ରାଜବେଶ ବା ରାଜ ଢ଼ଙ୍ଗଢ଼ାଙ୍ଗରେ ସେ ଯିବାକୁ ଇଚ୍ଛା କରୁନଥିଲେ। ତାଙ୍କର ଏହି ସରଳ ପ୍ରକୃତି ଯୋଗୁଁ ସେ ସବୁଠାରେ ସମସ୍ତଙ୍କର ଅତି ପ୍ରିୟପାତ୍ର ହୋଇଥିଲେ। ପ୍ରଜା ପାଳନ ରାଜାର ଧର୍ମ ଏ କଥା ଶ୍ରୀରାମଚନ୍ଦ୍ରଙ୍କୁ ଭଲ ଭାବେ ଜଣାଥିଲା। ରାଜଦଣ୍ଡ ଧରିବା ପରେ ଶ୍ରୀରାମଚନ୍ଦ୍ର ରାଜନୀତି ଓ ଦର୍ଶନଶାସ୍ତ୍ରକୁ ଭଲକରି ପଢ଼ିବାରେ ଲାଗିଲେ। ନିଜ ରାଜ୍ୟକୁ ଏକ ଆଦର୍ଶ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ ଶାସନ କରୁଥିଲେ। ଏହି ସମୟରେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ କାର୍ଯ୍ୟଶୈଳୀ ସମଗ୍ର ରାଜ୍ୟରେ ଗୁଞ୍ଜରିତ ହେଉଥିଲା। ତାଙ୍କ ଗୁଣରେ ମୁଗ୍ଧ ହୋଇ ଶ୍ରୀରାମଚନ୍ଦ୍ର ତାଙ୍କୁ ରାଜ୍ୟ ସରକାରଙ୍କ ଓକିଲ ପଦରେ ନିଯୁକ୍ତି କରିଥିଲେ। ପଣ୍ଡିତ ଗୋପବନ୍ଧୁ ସେତେବେଳେ ସକଳ କାର୍ଯ୍ୟରେ ତାଙ୍କର ପରମ ସଖା ରୂପେ ପରାମର୍ଶଦାତାଥିଲେ। ଶ୍ରୀରାମଚନ୍ଦ୍ର ଓ ଗୋପବନ୍ଧୁ ମଧ୍ୟରେ ଏପରି ଘନିଷ୍ଠ ବନ୍ଧୁତା ଥିଲା ଯେ, କୌଣସି କାର୍ଯ୍ୟ କଲାବେଳେ ଶ୍ରୀରାମଚନ୍ଦ୍ର, ଗୋପବନ୍ଧୁଙ୍କ ପରାମର୍ଶ ନେଉଥିଲେ।

# ରେଷ୍ଟୁରାଣ୍ଟରେ ଦିଆଯାଉଥିଲା କୁକୁର ମାଂସ



ହାଇଦ୍ରାବାଦ ଖାସି ମାଂସ ନାମରେ କୁକୁର ମାଂସ ବିକ୍ରି କରୁଥିବା ଅଭିଯୋଗରେ ଏକ ରେଷ୍ଟୁରାଣ୍ଟ ଉପରେ ନିକଟରେ ଗ୍ରେଟର ହାଇଦ୍ରାବଦ ମୁ୍ୟନିସିପାଲ କର୍ପୋରେସନର ଅଧିକାରୀମାନେ ଚଢାଉ କରିଥିଲେ। ଏହି ରେଷ୍ଟୁରାଣ୍ଟର ମାଂସକୁ ଜବତ କରାଯାଇ ପରୀକ୍ଷା ନିମନ୍ତେ ଗବେଷଣାଗାରକୁ ପଠାଇଛନ୍ତି। ପୂର୍ବରୁ ଏଠାରେ କୁକୁର ମାଂସ ବିକ୍ରି ହେଉଥିବା ଅଭିଯୋଗ ଆସିଥିଲା ବେଳେ ସୋସିଆଲ ମିଡିଆରେ ମଧ୍ୟ ଏହି ଫଟୋ ଭାଇରାଲ ହୋଇଛି। ପୂର୍ବରୁ ମ୍ୟୁନିସିପାଲ କର୍ପୋରେସନ ପକ୍ଷରୁ ଏହି ରେଷ୍ଟୁରାଣ୍ଟକୁ ନୋଟିସ ପଠାଯାଇଥିଲା ବେଳେ ଏହାର ମାଲିକ ଇରଫାନ କହିଛନ୍ତି ଯେ ଆମେ କେବେ ବି କୁକୁର ମାଂସ ବିକ୍ରି କରିନାହୁଁ। ଆମ ରେଷ୍ଟୁରାଣ୍ଟର ଭାବମୂର୍ତ୍ତୀକୁ ଖରାପ କରିବା ପାଇଁ କିଛି ବିରୋଧି ଏଭଳି ଚକ୍ରାନ୍ତ କରିଛନ୍ତି।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିନ୍ଥେଟିକ ଘାସ। କାର ନିର୍ମାତାମାନେ ସେହି ସିନ୍ଥେଟିକ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ୍ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।




# ଧାନ ଫସଲର କୀଟ ପରିଚାଳନା


ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ

କୃଷି ଓଡ଼ିଶାର ଅର୍ଥନୀତିର ମାପକାଠି ରୂପେ ବିବେଚନା କରାଯାଉଥିବା ବେଳେ ଏହାର ଜଳବାୟୁ ଅନୁସାରେ ଅଧିକାଂଶ ଲୋକ ଧାନ ଚାଷ ଉପରେ ନିର୍ଭରଶୀଳ। ମୁଖ୍ୟତଃ ୭୦ ଭାଗ ଲୋକ ଚାଷବାସ ଉପରେ ନିର୍ଭର କରନ୍ତି। ଓଡ଼ିଶାର ବିଭିନ୍ନ ଋତୁରେ ବିଭିନ୍ନ ଚାଷ କରାଯାଇଥିଲେ ହେଁ ଧାନ ମୁଖ୍ୟ ଚାଷ ଅଟେ। ମୁଖ୍ୟତଃ ଖରିଫ ଋତୁର ଆରମ୍ଭରେ ଧାନ ଚାଷ କରାଯାଇଥାଏ, ପରନ୍ତୁ ଧାନ ଚାଷର କେତେକ କ୍ଷତିକାରକ କୀଟ ଏହାର ଉତ୍ପାଦନରେ ହ୍ରାସ କରାଇଥାଏ। ବର୍ତ୍ତମାନ ସମୟରେ ଧାନ ଫସଲରେ କୀଟ ପରିଚାଳନା ଏକ ମୁଖ୍ୟ ଚିନ୍ତା ଭାବେ ଉଭା ହୋଇଛି। ତେବେ ଆସନ୍ତୁ ନଜର ପକେଇବା ଧାନ ଫସଲର ପ୍ରମୁଖ କୀଟମାନଙ୍କ ଉପରେ...

**ଚକଡା ପୋକ-** ଧାନ ର ଏକ ପ୍ରମୁଖ ଉତ୍ପାଦନ ହ୍ରାସକାରୀ କୀଟ ଭାବେ ଚକଡା ପୋକ ବେଶ ଜଣାଶୁଣା। କୃଷି ବିଜ୍ଞାନରେ ଏହାକୁ 'ବ୍ରାଉନ ପ୍ଲାଣ୍ଟ ହୋପର' ବୋଲି କୁହାଯାଏ। ତେବେ ଚକଡା ପୋକ ମୁଖ୍ୟତଃ ତିନୋଟି ସ୍ତର ଦେଇ ଗତି କରିଥାଏ-ଅଣ୍ଡା-ଅର୍ଭକ-ପୂର୍ଣ୍ଣାଙ୍ଗ କୀଟ। ପୂର୍ଣ୍ଣାଙ୍ଗ କୀଟ ଦେଖିବାକୁ ମାଟିଆ ରଙ୍ଗର ସ୍ତ୍ରୀ କୀଟଟି ୫ମି.ମି ଲମ୍ବା ହୋଇଥିବା ବେଳେ ପୁରୁଷ କୀଟଟି ୪-୪.୫ ମି.ମି ଭିତରେ ଲମ୍ବାଥାଏ। ପତ୍ର ର ମଝି ଭାଗରେ ଅଣ୍ଡା ଗୁଡିକ ଦେଖାଯାଏ (୨-୧୨) ଅଣ୍ଡା ଟି ଧଳା ଓ ବଙ୍କା ଆକୃତିର ହୋଇଥାଏ। ସମ୍ପୂର୍ଣ ଜୀବନ ଚକ୍ର ୧୮-୨୨ ଦିନ ଭିତରେ ଶେଷ ହୋଇଥାଏ।

ଲକ୍ଷଣ- ଏହାର ପୂର୍ଣ୍ଣାଙ୍ଗ କୀଟଟି ଗଛର ତଳ ଭାଗର ରସକୁ ଶୋଷି ଶୋଷି ଖାଇଯାଇଥାଏ। ଖାଇବା ସମୟରେ ଏହା ଏକ ବିଷାକ୍ତ ପଦାର୍ଥ ନିର୍ଗତ କରିଥାଏ। ଯାହା ଫଳରେ (ହୋପର ବର୍ନ) ଲକ୍ଷଣ ଦେଖାଯାଇଥାଏ। ପତ୍ର ଗୁଡିକ ହଳଦିଆ ପଡିଯିବା ସହିତ ଗୋଲାକୃତି ଆକାରରେ ଗଛ ଶୁଖିଯାଏ। ଏହା ଯେଉଁ ଧାନ ଗଛକୁ ଆକ୍ରମଣ କରିଥାଏ, ତାହାର କାଣ୍ଡ ଭାଗ ଶୁଖିଯାଏ ଓ ଏହା ଭବିଷ୍ୟତରେ କୁଟା ହୋଇପାରେ ନାହିଁ ।

ପ୍ରତିକାର - * ଚକଡା କୀଟ ଆକ୍ରାନ୍ତ ଜମିରେ ଏକ କିସମକୁ ଦ୍ୱିତୀୟ ଥର ବ୍ୟବହାର କରନ୍ତୁ ନାହିଁ ।

* ସହନଶୀଳ କିସମ ଯଥା ଗୋଦାବରୀ, କ୍ରିଷ୍ଣାଭେନି, ଚୈତନ୍ୟ ପ୍ରଭୃତି ବ୍ୟବହାର କରିବା ଆବଶ୍ୟକ।

* ଧାନ ଜମିର ମଝି ଭାଗରେ କନ୍ଦି କରନ୍ତୁ । ଏହାଦ୍ୱାରା ଉପଯୁକ୍ତ ସୂର୍ଯ୍ୟାଲୋକ ମିଳିପାରିବା ସହ ଆର୍ଦ୍ରତା ନିୟନ୍ତ୍ରଣ ହୋଇପାରିବ।

* ଜମିରୁ ଅନାବନା ଘାସ ଉପାଡିଦିଅନ୍ତୁ ।



* ପୋକର ଗତିବିଧି ଲକ୍ଷ୍ୟ କରି କୀଟନାଶକ ବ୍ୟବହାର କରନ୍ତୁ।

* ଗଛର ତଳଭାଗକୁ କାର୍ବୋଫ୍ୟୁରାଣ ଦାନା ଏକରକୁ ୧୦ କି.ଗ୍ରା, ଏସିଫେଟ ଏକଲିଟର ପାଣିରେ ୧୫ କି.ଗ୍ରା ମିଶାଇ ୩-୪ ଥର ସ୍ପ୍ରେ କରନ୍ତୁ ।

ନଳି ପୋକ- ଏହା ଧାନ ଫସଲର କ୍ଷତିକାରକ କୀଟ ମଧ୍ୟରେ ଅନ୍ୟତମ। ଏହାର ଶୁକ ଗୁଡ଼ିକ ଫିକା ସବୁଜ ରଙ୍ଗର ଓ ସଦାବେଳେ ପତ୍ରର ନଳୀ ଭିତରେ ଅବସ୍ଥାନ କରିଥାନ୍ତି। ଏମାନେ ଫମ୍ବରୁ ବାହାରିବା ପରେ ଧାନ ପତ୍ରର ଅଗ ଭାଗକୁ କାଟି ଛୋଟଛୋଟ ନଳୀ ତିଆରି କରନ୍ତି। ନଳୀ ଭିତରେ ରହି ପତ୍ରର ସବୁଜ କଣିକାକୁ କୋରି କୋରି ଖାଇଥାନ୍ତି। ଏହି ନଳୀ ଗୁନିକ ପାଣିରେ ସହଜରେ ଭାସି ପାରେ।

ପ୍ରତିକାର - ଏହି ପୋକ ଦାଉରୁ ରକ୍ଷା ପାଇବା ପାଇଁ କୁଇନାଲଫସ ୨୫ଇସି ୨ମିଲି ପ୍ରତି ଲିଟର ପାଣିରେ ପ୍ରୟୋଗ କରି ଜମିରେ ପ୍ରୟୋଗ କରନ୍ତୁ। ସ୍ୱାମିଙ୍ଗ ସଁବାଲୁଆ - ଏହା ଦେଖିବାକୁ ଗାଢ଼ ସବୁଜ ରଙ୍ଗର ଶୁକ। ଏହାର ନିୟନ୍ତ୍ରଣ ପାଇଁ ଜମିରୁ ସଠିକ ଭାବେ ଜଳ ନିଷ୍କାସନ କରିବା ଆବଶ୍ୟକ।

କାହାଳିଆ ପୋକ - ଏହା ସାଧାରଣତଃ ବର୍ଷାଦିନିଆ ଉଧାନ ଫସଲରେ ଦେଖାଯାଇଥାଏ। ପିଲ ଦେଉଥିବା ଅବସ୍ଥାରେ ପିଲ ଭିତରେ ପଶି କଅଁଳିଆ ମଂଜିର ଅଗ୍ରଭାଗକୁ ଖାଇଥାନ୍ତି। ଫଳରେ ପିଲଟି କାହାଳୀ ସଦୃଶ ହୋଇ ବଢ଼ିଥାଏ। କେଣ୍ଡାର ଧାରଣ ଶକ୍ତି କମିଥାଏ।

ପ୍ରତିକାର- ସଙ୍ଗ ଆକର୍ଷକ ଯନ୍ତା ବ୍ୟବହର କରିବା ଉଚିତ୍।

-ପଟାସ ସାର ବ୍ୟବହାର କରିବା ଦରକାର।

-କାର୍ବୋସଲଫନ୍ ୨୫%ଇସି ୨ମିଲି ପ୍ରତି ଲିଟର ପାଣିରେ ଜମିରେ ସିଂଚନ କରିବା ଆବଶ୍ୟକ।

ମାଟିଆଗୁଣ୍ଡି ପୋକ - ଏହା ମାଟିଆ ଓ ବାଦାମୀ ରଙ୍ଗର ଶୋଷକ କୀଟ ଅଟେ। ବର୍ଷାଦିନିଆ ଓ ଡ଼ାଲୁଅ ଧାନରେ ଏହା ବହୁଳ କ୍ଷତି କରିଥାଏ। ଏହା ଧାନ ବୁଦା ମୂଳରେ ଜଳପତନର ଠିକ ଉପର ଭାଗରେ ରହି କାଣ୍ଡରୁ ରସ ଶୋଷି ଖାଇଥାଏ। ଏହାର ଆକ୍ରମଣରେ ପ୍ରଥମେ ପତ୍ର ଗୁଡ଼ିକ ହଳଦିଆ ପଡ଼ିଯାଏ ଓ ଶେଷରେ ଧାନଗୁଡ଼ିକ ମରିଯାଏ। ଫୁଲ ଧରିବା ସମୟରେ ଏମାନଙ୍କ ପ୍ରାଦୁର୍ଭାବ ବେଶୀ ଥାଏ।

ପ୍ରତିକାର- ସଙ୍ଗଆକର୍ଷକ ଯନ୍ତାର ବ୍ୟବହାର କରିବା

ଇମିଡ଼ାକ୍ଲୋପିଡ଼୍ ୦.୨୫ମିଲି ପ୍ରତି ଲିଟର ପାଣିରେ ପକାଇ ସିଂଚନ କରିବା।

(ସମ୍ପାଦକ-ଶ୍ୟାମଳ ସୁବର୍ଣ୍ଣ,
ବାସୁଦେବପୁର,ଭଦ୍ରକ,
ମୋ:୯୪୩୮୪୬୭୦୭୯)

# ନଡ଼ିଆ ଫସଲରେ ଗଣ୍ଡାପୋକ ଦମନ


ଭୁବନାନନ୍ଦ ଅଧିକାରୀ
*କୀଟ ଟିଏ କଥା ଟିଏ - ୪*

**ଜୀବନ ଚକ୍ର :**

ଗଣ୍ଡାପୋକ ବା ରାଇନୋସରସ ବିଟିଲ ଏକ ଉତ୍ତମ ପ୍ରଜନନକ୍ଷମ ଅନିଷ୍ଟକାରୀ କୀଟ, ଯାହାର ପ୍ରାଦୁର୍ଭାବ ସମସ୍ତ ଜଳବାୟୁ ଓ ପରିବେଶରେ ଦେଖାଯାଇଥାଏ। ଏହାର ଜୀବନ ବୃତ୍ତାନ୍ତ ଅଧ୍ୟନ କଲେ ଜଣାଯାଏ ଯେ ଏହି କୀଟ ଗୋବର, ଖତଗଦା, ମୃତ ଓ ବିଘଟିତ ଜୈବିକ ପଦାର୍ଥର ଧ୍ୱଂସାବଶେଷରେ ମଧ୍ୟ ନିଜର ପ୍ରଜନନ କାର୍ଯ୍ୟ କରି ବଂଶବିସ୍ତାର କରିପାରେ ଓ ହାରାହାରି ୧୭୧ ଦିନ ମଧ୍ୟରେ ଏହାର ଜୀବନଚକ୍ର ପରିସମାପ୍ତ ହୁଏ। ତନ୍ମଧ୍ୟରୁ ଅଣ୍ଡା ଅବସ୍ଥା ୧୦ ଦିନ, ଶୁକ ଅବସ୍ଥା ୧୩୦ ଦିନ ଓ କୋଷା ଅବସ୍ଥା ୨୦ ଦିନରେ ଶେଷ ହୁଏ । ପୂର୍ଣ୍ଣାଙ୍ଗ ପ୍ରାପ୍ତ କୀଟଟି କୋଷରୁ ବାହାରିବା ପରେ ୫-୨୬ ଦିନ ପର୍ଯ୍ୟନ୍ତ ବିଶ୍ରାମ କରେ ଏବଂ ତତ୍ପରେ ନଡ଼ିଆ ଗଛର ଅଗ୍ରଭାଗକୁ ଉଡ଼ି ଚାଲିଯାଏ। ଏହି କୀଟର ଅଣ୍ଡିରା ପୂର୍ଣ୍ଣାଙ୍ଗ କୀଟଟି ୧୨୦ ଦିନ ବଂଚିଥିବା ବେଳେ ମାଈ କୀଟଟି ହାରାହାରି ୧୪୨ ଦିନ ଜୀବନ ଧାରଣ କରିଥାଏ। ଫେବୃୟାରୀରୁ ଏପ୍ରିଲ ଏବଂ ସେପ୍ଟେମ୍ବରରୁ ଅକ୍ଟୋବର ମଧ୍ୟରେ ଏହି ପୋକ ସର୍ବାଧିକ ଅଣ୍ଡା ଦେଇଥାଏ।

**କ୍ଷତି :**

ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକଟି ସାଧାରଣତଃ ନଡ଼ିଆଗଛର ବାହୁଙ୍ଗା ଏବଂ ଫୁଲକୁ ମାତ୍ରାଧିକ ଆକ୍ରମଣ କରି କ୍ଷତି ପହଞ୍ଚାଏ । ଏହି ପୋକ ଆକ୍ରମଣ ନଡ଼ିଆ ଫସଲରେ ହାରାହାରି ୧୦ ପ୍ରତିଶତ ଅମଳ ହ୍ରାସ କରେ । ୩-୧୦ ବର୍ଷ ବୟସ ଗଛ ଗୁଡ଼ିକରେ ଏହି ପୋକର ଆକ୍ରମଣ ଜନିତ କ୍ଷତି ଅଧିକ ହୋଇଥାଏ। ଆକ୍ରମିତ ବାହୁଙ୍ଗା ଗୁଡ଼ିକର ପତ୍ର କଟିଯାଇଥିବା ଲକ୍ଷ୍ୟ କରାଯାଏ। ଏହାକୁ ବୈଜ୍ଞାନିକ ଭାଷାରେ ଜିଓମେଟ୍ରିକ କଟ୍, ଫ୍ୟାନକଟ୍ ବୋଲି କୁହାଯାଏ । ସାଧାରଣତଃ ବିଶେଷ ଆକ୍ରମଣ ହୋଇ ନଥିଲେ ଗୋଟିଏରୁ ଦୁଇଟି ପତ୍ର କଟିଥାଏ । ଯଦି ଏହି ପୋକର ପ୍ରାଦୁର୍ଭାବ ମାତ୍ରାଧିକ ହୁଏ ଓ ଏହାର ଆର୍ଥିକ ଦେହଳୀ ସୀମା ଉଲ୍ଲଙ୍ଘନ କରେ, ସମସ୍ତ ପତ୍ର ଏହିଭଳି କଟିଥିବା ଲକ୍ଷ୍ୟ କରାଯାଏ। ଏହା ବ୍ୟତୀତ ସମ୍ପୂର୍ଣ୍ଣ ଖୋଲି ନଥିବା ବାହୁଙ୍ଗା ମୂଳରେ ଆୟତକାର କଣା ଦେଖାଯାଏ ଏବଂ ଏହି କଣା ପାଖରେ ପୋକ ଦ୍ୱାରା ନଷ୍ଟ ହୋଇଥିବା ବୃକ୍ଷର ତନ୍ତୁଗୁଡ଼ିକର ଅବଶିଷ୍ଟାଂଶ ଦେଖିବାକୁ ମିଳେ । ମାତ୍ରାଧିକ କ୍ଷତି ହେବା ପୂର୍ବରୁ ଏହି ପୋକର ଦମନ ନ କରାଗଲେ ନଡ଼ିଆଗଛ ଅନ୍ୟ କ୍ଷତିକାରୀ କୀଟ ଆକ୍ରମଣ ତଥା କବକଜନିତ ରୋଗ ଆକ୍ରମଣ ପାଇଁ ଉପଯୋଗୀ ହୋଇଯାଏ।

**ନିୟନ୍ତ୍ରଣ :**

ଏହି କୀଟର ନିୟନ୍ତ୍ରଣ ପାଇଁ ପ୍ରଥମେ ପରିଷ୍କାର ପରିଚ୍ଛନ୍ନ ଚାଷ ପ୍ରଣାଳୀ ଅବଲମ୍ବନ ଆବଶ୍ୟକ। ଗଛର ଆଖପାଖ ପରିଷ୍କାର ରଖିବା ସହ ଗଛରେ ଥିବା ମୃତଅଂଶ, ପଚା ଅଂଶ, ପତ୍ରଗୁଡ଼ିକୁ ସମୟାନୁସାରେ କାଟି ସଫା କରିବା ଦ୍ୱାରା ଏହି ପୋକ ଆକ୍ରମଣରୁ ରକ୍ଷା ମିଳେ । ଏହି ପୋକ ଦ୍ୱାରା ସୃଷ୍ଟି ଆୟତକାର ଗଣାରେ ସ୍କୋକ ବା ଏକ ସରୁ ତାର ପୂରାଇ ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକକୁ ଧରି ତାକୁ ନଷ୍ଟ କରିବା ମଧ୍ୟ ଜରୁରୀ । ନଡ଼ିଆ ବାହୁଙ୍ଗା ବାହାରିଥିବା ଗଛର ଅଂଶ ବା କନ୍ଦରେ ସେଭିଡଲ ୨୫ ଗ୍ରାମ ଓ ସରୁବାଲି ୨୦୦ ଗ୍ରାମର ମିଶ୍ରଣ ବା ଫୋରେଟ୍ ଓ ବାଲିର ମିଶ୍ରଣକୁ ପ୍ରୟୋଗ କଲେ ଏହାର ଉତ୍କଟ ଗନ୍ଧ ଦ୍ୱାରା ଏହି ପୋକଗୁଡ଼ିକ ଫସଲ ଆଡ଼କୁ ଆକର୍ଷିତ ହୁଅନ୍ତି ନାହିଁ। ଯାହାଦ୍ୱାରା ଆକ୍ରମଣଜନିତ କ୍ଷତି ହ୍ରାସପାଏ। ଜୈବିକ ଉପାୟରେ ଏହି ପୋକର ମଧ୍ୟ ନିୟନ୍ତ୍ରଣ ସମ୍ଭବପର। ଏହି କୀଟକୁ ନିୟନ୍ତ୍ରଣ କରୁଥିବା ଭୂତାଣୁ ବା ବ୍ୟାକୁଲୋ ଭାଇରସର ପ୍ରୟୋଗ ବା କୀଟ ବିନାଶକାରୀ କବକ ମେଟାରିଜିୟମ୍ ଆନିସୋପିଲେର ପଇଡ଼ପାଣି ବା ମକାଗୁଣ୍ଡ ବା କୁଣ୍ଡାରେ ବଂଶବିସ୍ତାର କରାଇ ଏହି କବକର ସ୍ପୋରକୁ ଗଛ ପାଖରେ ଥିବା ଖତଗଦାରେ କ୍ୟୁବିକ୍ ମିଟର ପ୍ରତି ୫ ଢ ୧୦୧୧ ସ୍ପୋର ପ୍ରୟୋଗ ଦ୍ୱାରା ଏହି କୀଟ ଦମନ ସମ୍ଭବପର ହୋଇଥାଏ । କେତେକ ଉପକାରୀ କୀଟ ମଧ୍ୟ ଅଛନ୍ତି ଯେଉଁମାନେ ଏହି ଗଣ୍ଡାପୋକକୁ ବିନାଶ କରିବାରେ ସାହାଯ୍ୟ କରନ୍ତି। କିନ୍ତୁ ଆମ ରାଜ୍ୟରେ ବା ପ୍ରାକୃତିକ ଅବସ୍ଥାରେ ଏହାର ପ୍ରୟୋଗ ଏତେଟା ସଫଳକାମୀ ହୋଇ ନଥାଏ । ଜୈବିକ ନିୟନ୍ତ୍ରଣର ଅନ୍ୟ ପ୍ରମୁଖ ଦିଗ ସ୍ୱରୂପ କୀଟ ନିୟନ୍ତ୍ରକ ସୂତ୍ରକୃମିର ଉତ୍ପାଦଡିଡି ୧୩୬ର ପ୍ରୟୋଗ କଲେ ଏହାର ପ୍ରଭାବରେ ଗଣ୍ଡାପୋକର ଶୁକ ବା କୋଷାଗୁଡ଼ିକର ଦମନ ସମ୍ଭବ ହୁଏ। ଏହି ସୂତ୍ରକୃମି ଜାତ ଉତ୍ପାଦର ପ୍ରୟୋଗ ଦ୍ୱାରା ୬୦-୧୦୦ ପ୍ରତିଶତ କୀଟ ଦମନର ନଜିର ରହିଛି। ଏତଦ୍ ଭିନ୍ନ କ୍ଷତିକାରୀ ଗଣ୍ଡାପୋକର ସଂଘ ଆକର୍ଷକ ଯନ୍ତା ବସାଇ (୫ ଏକରକୁ ୧ଟି ଯନ୍ତା ବସାଇବାର ୬୦ ଦିନ ପରେ ଆକ୍ରମଣ ଜନିତ କ୍ଷତିକୁ ୮୦ ପ୍ରତିଶତ କମାଇ ଦିଆଯାଇପାରେ। ଏହିସବୁ ଅଣରାସାୟନିକ ନିୟନ୍ତ୍ରଣ ବ୍ୟତୀତ ସମୟାନୁସାରେ ଗଛ ନିକଟରେ ଥିବା ଖତଗଦା ବା କମ୍ପୋଷ୍ଟ ପିଟରେ ବାର୍କାରିଲ ୫୦ ପ୍ରତିଶତ ଗୁଣ୍ଡ ଲିଟର ପ୍ରତି ୩ ଗ୍ରାମ ଦ୍ରବଣକୁ ସିଞ୍ଚନ କଲେ ଏହି କୀଟ ଆକ୍ରମଣରୁ ରକ୍ଷା ମିଳେ।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଚାଷୀଭାଇମାନେ ନିଜେ ନିଜ ଫସଲ ସମସ୍ୟା ପାଇଁ ସମାଧାନ ଉପାୟ ନ ଭାବି ପାଖରେ ଥିବା କୃଷି ବିଜ୍ଞାନ କେନ୍ଦ୍ର ବା କୃଷି ଅନୁସନ୍ଧାନ ଓ ବୈଷୟିକ ଜ୍ଞାନକୌଶଳ କେନ୍ଦ୍ର, କୃଷି ଅଧିକାରୀଙ୍କ କାର୍ଯ୍ୟାଳୟ ବା ଓଡ଼ିଶା କୃଷି ବୈଷୟିକ ବିଶ୍ୱବିଦ୍ୟାଳୟର ବିଶେଷଜ୍ଞଙ୍କ ସହିତ ପରାମର୍ଶ କରି ପରିଚାଳନା କଲେ ସେମାନେ ଫସଲ ସବସ୍ୟା ଦୂର କରିବା ସହ ନିଜର ଜ୍ଞାନ ପରିସର ମଧ୍ୟ ବଢ଼ାଇ ପାରିବେ।

ମୋ- ୯୫୮୩୨୮୫୪୯୯

# କପା ଫସଲରେ ପୋକ ପରିଚାଳନାରେ ଉପକାରୀ କୀଟର ଭୂମିକା

**ଦୀପାୟନ ପାତ୍ରୀ**

*କପା ଏକ ମୁଖ୍ୟ ଅର୍ଥକାରୀ ଫସଲ । ଏହାର ଆବଶ୍ୟକତା ଏବଂ ଉତ୍ପାଦନ କ୍ଷମତାକୁ ଆଖି ଆଗରେ ରଖି ଏହାକୁ 'ଧଳା ସୁନା' ମଧ୍ୟ କୁହାଯାଏ । କିନ୍ତୁ ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲର ବିଭିନ୍ନ ପ୍ରକାରର ଅପକାରୀ ପୋକର ପ୍ରାଦୁର୍ଭାବ ବଢ଼ି ଚାଲିଛି ଯଥା ବିଭିନ୍ନ ପ୍ରକାରର ଶୋଷକ ପୋକ, ପତ୍ରଖିଆ ପୋକ ଏବଂ ଫଳବିନ୍ଧା ପୋକ । ପ୍ରଥମେ ପ୍ରଥମେ ଏହି ପୋକମାନଙ୍କ ନିରାକରଣ ପାଇଁ ରାସାୟନିକ କୀଟନାଶକ ବ୍ୟବହାର କରିବା ଦ୍ୱାରା ପୋକର ପ୍ରାଦୁର୍ଭାବକୁ କମାଯାଇ ପାରୁଥିଲା । କିନ୍ତୁ ବର୍ତ୍ତମାନର ପରିସ୍ଥିତି ଅଲଗା । ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲକୁ ଆକ୍ରମଣ କରୁଥିବା ପୋର ନିୟନ୍ତ୍ରଣ ନିମନ୍ତେ ସବୁଦାୟ ଫସଲରେ ବ୍ୟବହୃତ ରାସାୟନିକ କୀଟନାଶକର ଶତକଡ଼ା ୫୦ ଭାଗ କେବଳ କପା ଫସଲରେ ପ୍ରୟୋଗ କରାଯାଏ । ଏହା ଯୋଗୁଁ ପରିବେଶ ପ୍ରଦୂଷଣ ସହିତ ପୋକ ମାନଙ୍କର ସହନଶକ୍ତି ବଢ଼ି, ଏହା ନୂଆ ସମସ୍ୟା ସୃଷ୍ଟି କରେ । ଏଠାରେ ଏହା କୁହାଯାଇପାରେକି, ଆମେ ପୋକ ନିୟନ୍ତ୍ରଣ ପାଇଁ କେବଳ ରାସାୟନିକ ପଦ୍ଧତି ଉପରେ ନିର୍ଭର କରିପାରିବା ନାହିଁ ।*

*ଏହି କାରଣ ଯୋଗୁଁ ସମନ୍ୱିତ କୀଟ ପରିଚାଳନାର ସୃଷ୍ଟି । ଜୈବିକ ନିୟନ୍ତ୍ରଣ ପଦ୍ଧତି, ସମାନ୍ୱିତ କୀଟ ପରିଚାଳନା ବ୍ୟବସ୍ଥାର ଏକ ଅବଚ୍ଛେଦ୍ୟ ଅଙ୍ଗ । ଫସଲ ପରିବେଶରେ ଅପକାରୀ କୀଟ ସହିତ ଉପକାରୀ କୀଟ ପରାଶ୍ରୟୀର ଉପଯୁକ୍ତ ସଂରକ୍ଷଣ, ବଂଶବୃଦ୍ଧି ଏବଂ ଆବଶ୍ୟକ ଅନୁଯାୟୀ ପ୍ରୟୋଗ ଦ୍ୱାରା ଅନିଷ୍ଟକାରୀ କୀଟ ମାନଙ୍କର ଆଶାତୀତ ବୃଦ୍ଧିରେ ବାଧା ଉପୁଜେ । ଜୈବ ନିୟନ୍ତ୍ରଣ ଏକ ମିତବ୍ୟୟୀ, ଯୁକ୍ତିଯୁକ୍ତ ଓ ଦୀର୍ଘସ୍ଥାୟୀ କୀଟ ନିୟନ୍ତ୍ରଣ ପଦ୍ଧତି ହେଇଥିବାରୁ ଅତ୍ୟଧିକ କୀଟନାଶକ ପ୍ରୟୋଗର ଆବଶ୍ୟକତା ପଡ଼ି ନଥାଏ ।*

*ଏହି ବିଷୟବସ୍ତୁରେ କପା ଫସଲରେ ଦେଖାଯାଉଥିବା କେତେକ ମୁଖ୍ୟ ପରଭୋଜୀ କୀଟ ଏବଂ ପରାଶ୍ରୟୀ କୀଟ ସମ୍ବନ୍ଧରେ ବର୍ଣ୍ଣନା କରାଯାଇଛି ।*

ପରଭୋଜୀ କୀଟ :

**ଇନ୍ଦ୍ରଗୋପୀ ଭୃଙ୍ଗ (Lady bird beetle):**

ଏହାର ଅନ୍ୟ ନାମ କାନ୍ଧୁଲ ଫାଳିଆ ପୋକା ପୂର୍ଣ୍ଣାଙ୍ଗ କୀଟଟି ଦେଖିବାକୁ ଗୋଲାକାର, ଲାଲ, କମଳା ଓ ନାରଙ୍ଗି ରଙ୍ଗର ହୋଇଥାନ୍ତି । କିନ୍ତୁ ଭୃଙ୍ଗ ଗୁଡ଼ିକଲମ୍ବାଳିଆ ଏବଂ ପଛଭଗତି ତିନିକୋଣିଆ । ଏହି ପୋକଟି ଅଣ୍ଡାରୁ ପୂର୍ଣ୍ଣାଙ୍ଗ ଅବସ୍ଥାରେ ପରିଣତ ହେବା ପାଇଁ ପାଖାପାଖି ୨ ରୁ ୩ ସପ୍ତାହ ଆବଶ୍ୟକ କରିଥାଏ । ଏହି ପୋକ ଗୁଡ଼ା ଜଉପୋକ ମେଳନୀ ସ୍ଥାନରେ ଧାଡ଼ିରେ ୧୫୦ରୁ ୨୦୦ଟି ଅଣ୍ଡା ଦିଅନ୍ତି ।

ଏହାର ସୁକ ପୋକଟିକୁ ଠିକ୍ ଭାବରେ ନଚିହ୍ନି ପାରିବା ଦ୍ୱାରା ବେଳେବେଳେ ଏହାକୁ ଲୋକେ ଭୁଲରେ ପରଭୋଜୀ ଭାବିନିଅନ୍ତି । ଦିନବେଳେ ଏହି ଭୃଙ୍ଗ ସବୁ ବିଶେଷ ଭାବରେ ସକ୍ରିୟ ହୋଇଥାନ୍ତି । ଏହି କୀଟ ବିଶେଷ ଭାବରେ ଶୋଷକ ପୋକଙ୍କୁ ଖାଏ । ଯଥା- ଜଉପୋକ, ପତ୍ରଡିଆଁ ପୋକ, ଧଳା ମାଛିର ଅର୍ଭକ, ପାତ୍ର ଉକୁଣି ଇତ୍ୟାଦି। ସୁକ ଅବସ୍ଥାରେ ଏମାନେ ଅଧିକ ପୋକ ଖାଇନିଅନ୍ତି (ହାରାହାରି ୪୫ଟି ପୋକ/ଦିନ)

**ବୁଢ଼ିଆଣୀ :**

କପା ଫସଲରେ ସାଧାରଣତ ଦୁଇ ପ୍ରକାରର ପରଭୋଜୀ ବୁଢ଼ିଆଣୀ ଦେଖାଯାନ୍ତି । କିଛି ଅପକାରୀ କୀଟକୁ ସିଧାସଳଖ ଖାଇନିଅନ୍ତି, ତ କିଛିଜାଲ ତିଆରି କରି ଜାଲରେ ପଡ଼ିବା କୀଟମାନଙ୍କୁ ଖାଇ ନିଅନ୍ତି । କପା ଫସଲରେ ବିଭିନ୍ନ ପ୍ରକାରର ବୁଢ଼ିଆଣୀ ଯଥା- ଲମ୍ବା ଦାନ୍ତିଆ ବୁଢ଼ିଆଣୀ, ବାଘୁଆ ବୁଢ଼ିଆଣୀ, ପତ୍ରଡ଼ିଆଁ ବୁଢ଼ିଆଣୀ ଇତ୍ୟାଦି ଦେଖାଯାନ୍ତି । ଏମାନେ ଶୋଷକ ପୋକର ଅର୍ଭକ ତଥା ପତ୍ରଖିଆ ଏବଂ ଫଳବିନ୍ଧା ପୋକମାନଙ୍କର ଶୁକକୁ ଭକ୍ଷଣ କରନ୍ତି ।

**ସିରଫିଡ଼ ମାଛି :**

ବଡ଼ ବା ପୂର୍ଣ୍ଣାଙ୍ଗ ମାଛି ଫୁଲର ମଧୁ ବା ପରାଗରେଣୁ ଖାଇ ବଂଚିଥାଏ । ମାଈ ପୂର୍ଣ୍ଣାଙ୍ଗ ମାଛି ଜଉପୋକ ଦଳରେ ଅଣ୍ଡା ଦେଇଥାଏ। ଅଣ୍ଡାରୁ ଶୂକ (ଗୋଡ଼ ବିହିନ ଏବଂ ମୁଣ୍ଡ ସରୁ ଓ ପଛ ଭାଗଟି ଓସାରିଆ) ହେବା ପାଇଁ ଏହା ୩ ରୁ ୪ ଦିନ ନେଇଥାଏ । ପୂର୍ଣ୍ଣାଙ୍ଗ ମାଛିର ପେଟ ପାଖରେ ହଳଦିଆ ଏବଂ କଳା ରଙ୍ଗର ଦାଗ ଥାଏ । ସାଧାରଣତ ମାଛି ଶୂକଟି ଯଉପୋକର ଅର୍ଭକର ରସ ଶୋଷି କେବଳ ଖୋଳପାକୁ ଛାଡ଼ି ଦିଅନ୍ତି । ଏହାର ଶୂକ ପୋକଟି ଦିନକୁ ହାରାହାରି ୫୭ଟି ଜଉପୋକ ଖାଇଥାଏ ।

**କ୍ରାଇସୋପେର୍ଲା :**

ଏହାକୁ ଜଉପୋକର ଖାଦକ ବୋଲି ମଧ୍ୟ କୁହାଯାଏ। ପୂର୍ଣ୍ଣାଙ୍ଗ ମାଈ ପୋକଟି ରେଶମ ସୂତାରେ ଗୋଟି ଗୋଟି କରି ଅଣ୍ଡା ଦିଏ । ମୁଖ୍ୟତଃ ଶୁକ ଗୁଡ଼ିକ ଜଉପୋକ ଅର୍ଭକ ଖାଇଥାନ୍ତି । ଶୁକ କୀଟର ଦା ଆକାରର ଦୁଇଟି ଦାନ୍ତ ଥାଏ । ଯାହାଦ୍ୱାରା ଏମାନେ କୀଟ ଶରୀରରୁ ରସ ଶୋଷଣ କରିନିଅନ୍ତି । ଜଉପୋକ ବ୍ୟତୀତ ଏମାନେ ଅନ୍ୟ ନରମ ଶରୀର ବିଶିଷ୍ଟ କ୍ଷୁଦ୍ର କୀଟମାନଙ୍କର ନିୟନ୍ତ୍ରଣରେ ସହାୟକ ହୋଇଥାନ୍ତି ଏହା ଦିନକୁ ହାରାହାରି ୪୬ ଜଉପୋକ ଖାଇଥାଏ ।

**ଶିକାରୀ ଝିଣ୍ଟିକା :**

ଏହା ଏକ ସର୍ବକୀଟଭୋଜୀ ପୋକ । ଏହା ସବୁ ପ୍ରକାର ଫସଲରେ ଦେଖାଯାଏ । ଏହାର ଆଗ ଗୋଡ଼ ଦୁଇଟି ଟାଣ, କଣ୍ଟା କଣ୍ଟା ଓ ଶିକାର ଧରିବାରେ ସହାୟକ ହୋଇଥାଏ । ଏହାର ମୁଣ୍ଡଟି ଚାରି ଦିଗକୁ ଘୂରିପାରେ। ଏହାର ମାଈ ପୋକଟି ଏକ ଟାଣ ଆବରଣ ମଧ୍ୟରେ ଅଣ୍ଡା ଦେଇଥାଏ । ଏଥିରେ ଅର୍ଭକ ଓ ପୂର୍ଣ୍ଣାଙ୍ଗ କୀଟ ଅନ୍ୟ କୀଟ ମାନଙ୍କୁ ଖାଇଥାନ୍ତି । ଏହି ଉପକାରୀ ପୋକଟି ଗୋଟିଏ ଦିନରେ ହାରାହାରି ୪ଟି ଶୂକ ପୋକ ଖାଇପାରେ ।

**ରେଡ୍ୟୁଭିଡ଼ ବଗ ବା ହତ୍ୟାକାରୀ ପୋକ :**

ହତ୍ୟାକରୀ ପୋକ ଏକ ବିଶେଷ ଧରଣର ଉପକାରୀ କୀଟ । ଏହା ନିଜ ଠାରୁ ଭାରି ଓ ବଡ଼ ଆକାରର କୀଟ ମାନଙ୍କୁ ଶିକାର କରିଥାନ୍ତି । ଏହି ହତ୍ୟାକାରୀ କୀଟ ମୁଖ୍ୟତଃ ଶୂକ ପୋକ, ଜଉପୋକ ଓ ଅନ୍ୟ ପୋକମାନଙ୍କର ଅଣ୍ଡା ଖାଏ । ଏହା ନିଜର ଶୁଣ୍ଢ ଦ୍ୱାରା ଶିକାର ଶରୀର ମଧ୍ୟରେ ଏକ ବିଷାକ୍ତ



ପଦାର୍ଥ ଛାଡ଼ିଥାଏ । ତଦ୍ୱାରା ଶିକାର ପୋକଟି ନିସ୍ତେଜ ହୋଇଥାଏ, ଯାହାକି ଶିକାରୀ ପୋକକୁ ଶିକାର ଠାରୁ ରସ ଶୋଷିବାରେ ସହାୟକ ହୋଇଥାଏ । ଏହା ଦିନକୁ ହାରାହାରି ୬ଟି ଶୂକପୋକକୁ ଶିକାର କରେ ।

ପେଣ୍ଟାଟୋମିଡ଼ (ପଞ୍ଚକୋଣୀ)

**ବଗ ବା ଢ଼ାଲ ବଗ :**

ଏହାର ମାଈ ପୋକଟି ପତ୍ରର ଉପରି ଭାଗରେ ଉଜ୍ଜ୍ୱଳ ଧାତୁ ରଙ୍ଗର ଅଣ୍ଡା ଧାଡ଼ିରେ ଦେଇଥାନ୍ତି । ଏହିପୋକ ଗୁଡ଼ିକ ନିଜ ଲମ୍ବା ଶୁଣ୍ଢ ଦ୍ୱାରା ରସ ଶୋଷି ନିଜ ଆକାର ଠାରୁ ବଡ଼ କୀଟମାନଙ୍କୁ ଖାଇ ପାରନ୍ତି । ଏମାନେ ଗୋଟିଏ ଦିନରେ ହାରାହାରି ୫ଟି ଶୂକକୁ ଶିକାର କରିପାରନ୍ତି ।

କାରାବିଡ଼ ଭୃଙ୍ଗ ବା ଗ୍ରାଉଣ୍ଡ ବିଟିଲ :ଗ୍ରାଉଣ୍ଡ ବିଟିଲର ଉଭୟ ପୂର୍ଣ୍ଣାଙ୍ଗ ଅବସ୍ଥା, ଶୂକ କଳାରଙ୍ଗର । ଏହାର ଉଭୟ ପୂର୍ଣ୍ଣାଙ୍ଗ ଏବଂ ଶୂକ ଅବସ୍ଥାରେ ଶିକାର କରନ୍ତି । ଏହାର ପୂର୍ଣ୍ଣାଙ୍ଗ ଅବସ୍ଥାରେ ମୁହଁରେ ଦା ଆକୃତିର ଦାନ୍ତ ଥାଏ । ଗୋଟିଏ ପୋକ ଦିନରେ ହାରାହାରି ୫ଟି ଶୂକ ପୋକ ଖାଇଥାଏ ।



**ଶିକାରୀ ବିରୁଡ଼ି :**

ଏମାନେ ଘରର କାନ୍ଥ କୋଣରେ ମାଟି ଘର ତିଆରି କରିଥାଏ। ପୂର୍ଣ୍ଣାଙ୍ଗ ବିରୁଡ଼ି ବିଭିନ୍ନ ପ୍ରକାରର ଶୂକ ଗୁଡ଼ିକୁ ବୋହିଆଣି, ସେମାନଙ୍କୁ ନିସ୍ତେଜ କରି ଏହାର ଛୁଆ ଗୁଡ଼ିକୁ ଖାଇବାକୁ ଦେଇଥାନ୍ତି । ଏମାନେ ନିଜ ନାହୁଡ଼କୁ ଅନ୍ୟ କୀଟମାନଙ୍କୁ ଭୟଭୀତ କରିବାରେ ବ୍ୟବହାର କରନ୍ତି।

**ଧବନ ଭୃଙ୍ଗ :**

ଏହା ଏକ ଉଜ୍ଜ୍ୱଳ ଲାଲ ରଙ୍ଗର ଟାଣ ଶରୀର ଥିବା ପୋକ। ଏହାକୁ ମୁଖ୍ୟତଃ ଗୋଟି ପୋକ ଏବଂ ଆମେରିକୀୟ ବକରା ବିନ୍ଧା ପୋକର ଶୁକ ନିୟନ୍ତ୍ରଣରେ ବ୍ୟବହାର କରାଯାଏ ।

**ପରାଶ୍ରୟୀ କୀଟ :**

**ଟ୍ରାଇକୋଗ୍ରାମ :**

ଏହା ଏକ ଅଣ୍ଡା ପରାଶ୍ରୟୀ କୀଟ । ପୂର୍ଣ୍ଣାଙ୍ଗ ମାଈ କୀଟଟି ମୋଥ ବା ପ୍ରଜାପତି ଜାତୀୟ କୀଟମାନଙ୍କ ଅଣ୍ଡା ମଧ୍ୟରେ ଅଣ୍ଡା ଦେଇଥାଏ । ଟ୍ରାଇକୋଗ୍ରାମା ଅଣ୍ଡାର ଛୁଆ ଶିକାର କୀଟର ଅଣ୍ଡାକୁ ନଷ୍ଟ କରି ଏଥିରୁ ପୁଣିଟ୍ରାଇକୋଗ୍ରାମା କୀଟ ବାହାରିଥାଏ । ଏହାକୁ କପା ଫସଲରେ ବକରା ବିନ୍ଧା କୀଟ, ପତ୍ରଖିଆ ଘୋଡ଼ାପୋକ ଓ କାହାଳୀ ପୋକ ଇତ୍ୟାଦିର ନିୟନ୍ତ୍ରଣ ପାଇଁ ବ୍ୟବହାର କରାଯାଏ । ଏହି କୀଟକୁ ଗବେଷଣାଗାରରେ ବୃଦ୍ଧି କରାଯାଇ ଟ୍ରାଇକୋକାର୍ଡ଼ ଭାବରେ ବିକ୍ରି କରାଯାଇ ପାରିବ । ଗୋଟିଏ ଟ୍ରାଇକୋକାର୍ଡ଼ରେ ପାଖାପାଖି ୨୦,୦୦୦ କୀଟ ଥାଏ । ୬୦,୦୦୦ ଟ୍ରାଇକୋଗ୍ରମା କୀଟ ଏକରକୁ ପ୍ରତି ସପ୍ତାହ ଅନ୍ତରରେ ୪/୬ ଥର ଛଡ଼ାଯାଏ।

**କୋଟେସିଆ:**

ଏହା ଏକ ଶୁକ ପରାଶ୍ରୟୀ କୀଟ । ଅଣ୍ଡାରୁ ଫୁଟିବା ପରେ ଛୁଆ ଗୁଡ଼ିକ ଶୁକ ପୋକ ଶରୀରର ଅଭ୍ୟନ୍ତରୀୟ ତନ୍ତୁ ଗୁଡ଼ିକୁ ଖାଇ ଯାଆନ୍ତି । ଏମାନେ କପା ଫସଲରେ ଫଳବିନ୍ଧା ପୋକ, ପତ୍ରଖିଆ ଗୋଟି ପୋକ ଇତ୍ୟାଦିର ଶୁକରେ ଅଣ୍ଡା ଦେଇ ଏହାର ନିୟନ୍ତ୍ରଣ କରନ୍ତି।

ସହ ପ୍ରାଧାପକ, କୀଟତତ୍ତ୍ୱ
ବିଭାଗ,
ଏମ୍.ଏସ୍. ସ୍ୱାମୀନାଥନ କୃଷି
ବିଶ୍ୱ ବିଦ୍ୟାଳୟ,
ପାରଳାଖେମୁଣ୍ଡି
ମୋ- ୮୨୮୦୦୨୮୧୬୬




# ତାଳଚେର ଦେଉଳବେଢ଼ା ତେଲିସାହି ଠାରେ ସାମାଜିକ ପ୍ରକଳ୍ପ ଗୁଡିକର ଉଦଘାଟନ କଲେ କେନ୍ଦ୍ରମନ୍ତ୍ରୀ



ଅନୁଗୋଳ/ତାଳଚେର, (ପି.ଏନ): କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଓ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ସୋମବାର ଅନୁଗୋଳ ଜିଲ୍ଲା ତାଳେଚର ଦେଉଳବେଢ଼ା ତେଲିସାହି ଗ୍ରାମରେ ଏକ କଲ୍ୟାଣ ମଣ୍ଡପ, ଗ୍ରାମର ସୁସଜ୍ଜିତ ମୁଖ୍ୟ ତୋରଣ ଏବଂ ନାଚ ମଣ୍ଡପର ଉଦଘାଟନ କରିଛନ୍ତି । ଏହି ଅବସରରେ ସେ ଗ୍ରାମବାସୀଙ୍କୁ ଅଭିନନ୍ଦନ ଜଣାଇବା ସହ କହିଛନ୍ତି ଯେ ପ୍ରାୟ ୨୬ ଲକ୍ଷ ଟଙ୍କା ବ୍ୟୟବରାଦରେ ଉଦଘାଟିତ ହୋଇଥିବା ସମସ୍ତ ପ୍ରକଳ୍ପ ଗୁଡ଼ିକ ଗାଁରେ ବାହାଘର, ବ୍ରତଘର ଭଳି ସାଂସ୍କୃତିକ, ଧାର୍ମିକ ଓ ସାମାଜିକ କାର୍ଯ୍ୟରେ ସହଯୋଗର ଭୂମିକା ଗ୍ରହଣ କରିବ । ଗ୍ରାମବାସୀମାନେ ଏହି ସବୁ ବ୍ୟବସ୍ଥା ଦ୍ୱାରା ବିଶେଷ ଉପକୃତ ହୋଇପାରିବେ । ଗାଁର ଜନସାଧାରଣ ବିଶେଷ ଭାବରେ ଯୁବବନ୍ଧୁଙ୍କ ଉତ୍ସାହ କାରଣରୁ ଏହି କାମ ସମ୍ଭବ ହୋଇପାରିଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଦୃଢ଼ ନେତୃତ୍ୱ ଓ ବିକାଶର କଳ୍ପନାରେ ଏହି ସବୁ ସାମାଜିକ କାର୍ଯ୍ୟରେ ସହଯୋଗୀ ହୋଇଥିବାରୁ ଶ୍ରୀ ପ୍ରଧାନ ଏମସିଏଲକୁ ଧନ୍ୟବାଦ ଜଣାଇଛନ୍ତି । ସେ ଆହୁରି କହିଛନ୍ତି ଯେ ଆଜି ଆମ ଜିଲ୍ଲା ଅନୁଗୋଳ ପାଇଁ ଏକ ବିଶେଷ ଦିନ । ଜିଲ୍ଲାରେ ଶିକ୍ଷା ଓ ଦକ୍ଷତା ବିକାଶକୁ ଆଗକୁ ନେବା ପାଇଁ ଅନୁଗୋଳରେ ଆଇଆଇଏମ ମୁମ୍ବାଇ ଓ ଆଇଆଇଏମ ସମ୍ବଲପୁର ଦ୍ୱାରା ପରିଚାଳିତ ହେବାକୁ ଥିବା ମ୍ୟାନେଜମେଣ୍ଟ ଶିକ୍ଷା କେନ୍ଦ୍ରର ଉଦଘାଟନ ହୋଇଛି । କେନ୍ଦ୍ରୀୟ ବିଦ୍ୟାଳୟର ନୂତନ ଭବନ ସହ ସ୍କିଲ ଇଣ୍ଡିଆ ସେଣ୍ଟର, ଜନ ଶିକ୍ଷଣ ସଂସ୍ଥାନର ଲୋକାର୍ପଣ ଭଳି କାର୍ଯ୍ୟକ୍ରମ ଗୁଡିକ ଜିଲ୍ଲାକୁ ଗୁଣାତ୍ମକ ଶିକ୍ଷା, ମ୍ୟାନେଜମେଣ୍ଟ ଏବଂ ଦକ୍ଷତା କ୍ଷେତ୍ରରେ ଅଗ୍ରଣୀ କରାଇବ ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି ।ଉକ୍ତ କାର୍ଯ୍ୟକ୍ରମରେ ପ୍ରାକ୍ତନ ସାଂସଦ ରୁଦ୍ର ନାରାୟଣ ପାଣି , ଏନ ଏସ ଆଇ ସି ଡାଇରେକ୍ଟର କାଳନ୍ଦି ସାମଲ,ଏମ୍ସିଏଲ ଲିଙ୍ଗରାଜ କ୍ଷେତ୍ରର ଜିଏମ ସୁବ୍ରତ ବିଶ୍ୱାଳ, ଜଗନ୍ନାଥ ଜିଏମ ଅଶୋକ କୁମାର ଧଳ, ଏମ୍ସିଏଲ ର ସମସ୍ତ ଅଧିକାରୀ ଙ୍କ ସମେତ ସମସ୍ତ ଗ୍ରାମବାସୀ ,ଗ୍ରାମ ସଭାପତି ନବ କିଶୋର ସାହୁ, ଉପ ସଭାପତି ଶଙ୍କର୍ଷଣ ବେହେରା, ବାବୁଲା ପୃଷ୍ଟି,ପ୍ରାକ୍ତନ ଉପ ନଗରପାଳ ସୁଫଳା ପୃଷ୍ଟି, କାର୍ତ୍ତିକେଶ୍ୱର ସାହୁ,ତୁଷାର କୁମାର ସାହୁ,ବନିତା ସାହୁ, ପ୍ରଦୀପ କୁମାର ସାହୁ, ଯଯାତି ପଟ୍ଟନାୟକ, ପର୍ଶୁରାମ ବାରିକ, ମନୋଜ ପ୍ରଧାନ, ବିଭୁତି ସାହୁ, ବିରଞ୍ଚି ସାହୁ, ମିଲ୍ଲୀ ପ୍ରଧାନ, ସ୍ୱାଧୀନ ଅମ୍ପ, ଅନିତା ବିଶ୍ୱାଳ, କାଳନ୍ଦି ପ୍ରଧାନ, ପ୍ରଶାନ୍ତ ନନ୍ଦ ଙ୍କ ସମେତ ଶତାଧିକ କାର୍ଯ୍ୟକର୍ତା ଯୋଗ ଦେଇଥିଲେ ।

# ଫିରିଙ୍ଗିଆଠାରେ କିନ୍ନର ମାନଙ୍କର ଜିଲ୍ଲା ସ୍ତରୀୟ ବୈଠକ ଅନୁଷ୍ଠିତ

କନ୍ଧମାଳ,(ପିଏନ)– କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ଉନ୍ନିତ ଉଚ୍ଚବିଦ୍ୟାଳୟ ଖେଳପଡିଆ ଠାରେ କନ୍ଧମାଳ ଜିଲ୍ଲା କିନ୍ନର ମହାସଂଘର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ମୁର୍ଗିମାତା କିନ୍ନର ସଂଘ ଫିରିଙ୍ଗିଆ ଶାଖା ଅନୁକ୍ୟଲ୍ୟରେ ଅନୁଷ୍ଠିତ ଏହି ବୈଠକରେ ସଂଘ ର ସଭାପତି ମୁନି କିନ୍ନର ସଭାପତିତ୍ୱ କରିଥିବା ବେଳେ କନ୍ଧମାଳ ଜିଲ୍ଲା ରାଇକିଆ ର କିନ୍ନର ମାନଙ୍କ ଗୁରୁ ସଂଧ୍ୟାରାଣୀ କହଁର ମୁଖ୍ୟ ଅତିଥି ଭାବରେ ଯୋଗ ଦେଇଥିଲେ । ସାମାଜିକ ଦୁରତା ବଜାୟ ରଖି କୋଭିଡ ନିୟମ ଅନୁସାରେ ଆୟୋଜିତ ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଘୁ.ଉଦୟଗିରି ରୁ ଝୁମୁକା ନାୟକ ,ବାଲିଗୁଡାରୁ ବିଷ୍ଣୁପ୍ରିୟା ପ୍ରଧାନ ,ତୁମୁଡିବନ୍ଧ ବ୍ଲକରୁ ସୁମନ ବାରିକ , ରାଇକିଆରୁ ଲିପସା କିନ୍ନର ,ଫୁଲବାଣୀରୁ ପାୟଲ କିନ୍ନର ,କ.ନୁଆଁଗାଁରୁ ନିଲୁ ବିଶୋୟୀ,ଖଜୁରିପଡା ବ୍ଲକରୁ ଶିତଲ କିନ୍ନର , କୋଟଗଡରୁ ସଂନ୍ଧ୍ୟା କିନ୍ନରଙ୍କ ସହ ଜିଲ୍ଲାର ପ୍ରାୟ ସମସ୍ତ ବ୍ଲକରୁ ଜଣେ ଲେଖାଏଁ ପ୍ରତିନିଧି ଯୋଗ ଦେଇଥିଲେ । ଫିରିଙ୍ଗିଆ କିନ୍ନର ସଂଘର ସମ୍ପାଦକ ରିଙ୍କି କିନ୍ନର ଓ ମନିସା ମଲ୍ଲିକ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ତେବେ କିନ୍ନର ମାନେ କିପରି ସମାଜର ମୁଖ୍ୟ ସ୍ରୋତରେ ସାମିଲ ହେବେ ଏହା ସହ ସେମାନଙ୍କୁ ସରକାରୀ ପ୍ରୋତ୍ସାହନ ଭତା ପ୍ରଦାନ, ଉଚ୍ଚ ଶିକ୍ଷିତ କିନ୍ନର ମାନଙ୍କୁ ସରକାରୀ ଚାକିରି ଦେବା କିନ୍ନର ମାନଙ୍କୁ ସ୍ୱାୟଂସହାୟକ ଗୋଷ୍ଠୀ ଗଠନ କରିବା ଦିଗରେ ରାଜ୍ୟସରକାର ପଧକ୍ଷେପ ନେବା ଜରୁରି ବୋଲି ବୈଠକରେ ଆଲୋଚନା ହୋଇଥିଲା। । ଅନ୍ୟପଟେ ଫିରିଙ୍ଗିଆ ଠାରେ କିନ୍ନର ମାନଙ୍କ ବୈଠକ ପାଇଁ ଏକ ବୈଠକ ଗୃହ ଓ କରୋନ କଟକଣା ପାଇଁ ଜୀବିକା ହରାଇଥିବା କିନ୍ନର ମାନେ କିପରି ସରକାରୀ ସହୟତା ପାଇବେ ସେହି ଉପରେ ଆଲୋଚନା ହୋଇଥିଲା । ଏହି ବୈଠକରେ ହୋଇଥିବା ସମସ୍ତ ପ୍ରସ୍ତାବକୁ ଜିଲ୍ଲାପାଳଙ୍କୁ ଜଣାଇବା ନେଇ ଆଲୋଚନା ହୋଇଥିଲା ।

# ପ୍ରଧାନମନ୍ତ୍ରୀଙ୍କ ଯାଜପୁର ଜିଲ୍ଲା ଗସ୍ତ ସମୟରେ ବିଭିନ୍ନ ପ୍ରକଳ୍ପ ଘୋଷଣା କରିବାକୁ ଦାବି

ଭୁବନେଶ୍ୱର(ପି.ଏନ): ଆଗାମୀ ମାର୍ଚ୍ଚ ୫ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଚଣ୍ଡିଖୋଲ ଗସ୍ତ ସମୟରେ ଯାଜପର ରୋଡ଼–ଧାମରା ରେଳପଥ ନିର୍ମାଣ ହରିଦାସପୁର କେନ୍ଦ୍ରାପଡ଼ା ପାରାଦ୍ୱିପ ପର୍ଯ୍ୟ' ପାସେର ଟ୍ରେନ୍ ଚାଲୁ କରିବା ଧାନମଣ୍ଡଳ ଠାରେ ଇଣ୍ଡିଆନ ଅଏଲ ତରଫରୁ ତୈଳ ବିଶୋଧନଗାର ସ୍ଥାପନ କରିବା । ଓଡ଼ିଶାର ୪୮୦ କି.ମି. ବ୍ୟାପ୍ତ ସମୁଦ୍ର ତଟ ଅଂଚଳରେ ହେ'ାଳ ବଣ ସହ ଉଚ୍ଚ ବନ୍ଧ ଓ ରାସ୍ତା ନିର୍ମାଣ କରିବା । ପ୍ରକଳ୍ପ ଗୁଡ଼ିକୁ ପ୍ରଧାନମନ୍ତ୍ରୀ ୫ ତାରିଖ ତାଙ୍କ ଗସ୍ତ ସମୟରେ ଘୋଷଣା କରିବା ପାଇଁ ବରିଷ୍ଠ କଂଗ୍ରେସ ନେତା ପୂର୍ବତନ କଂଗ୍ରେସ କାର୍ଯ୍ୟକାରିଣି ସଦସ୍ୟ ଡ. ରାମଚନ୍ଦ୍ର ଖୁଂଟିଆ ଦୃଢ଼ ଦାବୀ କରିଛିଂ । ଦୈତାରୀ ପାରାଦ୍ୱିପ ତୋରିତ ରାଜପଥ ରାସ୍ତାକୁ ୮ଲେନ୍ ବିଶିଷ୍ଟ ରାଜପଥ ନିର୍ମାଣ କାର୍ଯ୍ୟ ଚାଲିଛି । ଏହି ରାଜପଥ ନିର୍ମାଣ କାର୍ଯ୍ୟ ଚାଲିଥିବାରୁ ଏହାକୁ ଶୁଭ ଦେବା ନିର୍ମାଣ କାର୍ଯ୍ୟ ସରିନଥିବାରୁ ଏହାକୁ ଲୋକାର୍ପଣ କରିବା ସମୟ ଆସିନାହିଁ । ସେହପରି ଯାଜପୁର ରୋଡ଼ ଫ୍ଲାଇ ଓଭର ନିର୍ମାଣ କାର୍ଯ୍ୟ ପାଇଁ ରାଜ୍ୟ ସରକାର ଟଙ୍କା ଦେବା ପରେ ନିର୍ମାଣ କରିବା ପାଇଁ ଟେଣ୍ଡର କରାଯାଇନଥିବାବେଳେ ଏହାକୁ ଲୋକାର୍ପଣ କରିବା ନିର୍ବାଚନ ପୂର୍ବରୁ ଏହା ରାଜନୈତିକ ଉଦ୍ଦ୍ୟେଶ ପ୍ରଣୋଦିତ । ଯାଜପୁର–କେନ୍ଦୁଝର – ରାଉରକେଲା–ସୁନ୍ଦରଗଡ଼ ଅଂଚଳରୁ ହଜାର ହଜାର କୋଟି ଟଙ୍କାର ଖଣିଜ ପଦାର୍ଥ ବିଦେଶକୁ ପଠାଯାଉଥିଲାବେଳେ ଏହି ଖଣିଜ ପଦାର୍ଥ ସରିଗଲା ପରେ ଯାଜପୁର କେନ୍ଦ୍ରଝର – ରାଉରକେଲା – ସୁନ୍ଦରଗଡ଼ ଡ. ଖୁଂଟିଆ ପ୍ରଶ୍ନ କରିଛନ୍ତ । ଏଣୁ ଏ ସମସ୍ତ ଖଣିଜ ପଦାର୍ଥ ରପ୍ତାନ କରି ଯାଜପୁର କେନ୍ଦ୍ରଝର – ରାଉରକେଲା – ସୁନ୍ଦରଗଡ଼ ଅଂଚଳରେ ଏହି ଖଣିଜ ପଦାର୍ଥକୁ ବିନିଯୋଗ କରି ନୂତନ କଳକାରଖାନା ପ୍ରତିଷ୍ଠା କରିବା ପାଇଁ ଘୋଷଣା କରିବାକୁ ପ୍ରଧାନମନ୍ତ୍ରୀଙ୍କ ଠାରେ ଡ. ଖୁଂଟିଆ ଦାବୀ କରିଛିଂ । ଏହି ଉପରୋକ୍ତ ପ୍ରୋଜେକ୍ଟ ଗୁଡ଼ିକୁ ଘୋଷଣା କରାନଗଲେ ଏହା ପ୍ରଧାନମନ୍ତ୍ରୀଙ୍କର କେବଳ ଏକ ନିର୍ବାଚନ ସଭା ଏବଂ ଏହାକୁ କଂଗ୍ରେସ ଦଳ ତରଫରୁ ବିରୋଧ କରାଯିବ ବୋଲି ଜିଲ୍ଲା କଂଗ୍ରେସ କମିଟି ସଭାପତି ଶ୍ରୀ ମନୋଜ ରାଉତ କଂଗ୍ରେସ ନେତା, ଶ୍ରୀ ସନ୍ତୋଷ ନନ୍ଦ ।

# ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଓ ଆପୋଲୋ ହସ୍ପିଟାଲ୍‌ର ମିଳିତ ପ୍ରୟାସରେ ଡ଼ିଜିଟାଲ ହେଲଥ୍ ସେବା 'ଦି ହେଲ୍‌ଦି ଲାଇଫ୍'ର ଶୁଭାରମ୍ଭ

ଭୁବନେଶ୍ୱର: ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଏବଂ ଆପୋଲୋ ହସ୍ପିଟାଲ୍ ମିଳିତ ହୋଇ 'ଦି ହେଲ୍‌ଦି ଲାଇଫ୍' ନମାକ ଏକ ସମ୍ପୂର୍ଣ୍ଣ ସ୍ୱାସ୍ଥ୍ୟ ସେବା ଶୁଭାରମ୍ଭ କରିଛନ୍ତି । ଏହି ପ୍ରୋଗ୍ରାମ ଦ୍ୱାରା ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ସମସ୍ତ ଗ୍ରାହକ ସହଜ ଏବଂ ସୁଲଭ ବ୍ୟାଙ୍କିଙ୍ଗ୍ ସେବା ଚୟନ କରି ଦେଶର ଯେକୌଣସି ଆପୋଲୋ ୨୪/୭ ରେ ନିଜର ଚିକିତ୍ସା କରାଇପାରିବେ । ଏହି ଅନନ୍ୟ ସେବାକୁ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ପରିଚାଳକ ନିର୍ଦ୍ଦେଶକ ଶ୍ରୀଯୁକ୍ତ ଆଦିତ୍ୟ ପୁରୀ ଓ ଆପୋଲୋ ହସ୍ପିଟାଲ୍‌ର ଚେୟାରମ୍ୟାନ୍ ଡ଼ଃ.ପ୍ରତାପ ସି. ରେଡ୍ଡୀ ଭିଡ଼ିଓ କନ୍‌ଫରେନ୍ସି ମାଧମରେ ଶୁଭାରମ୍ଭ କରିଛନ୍ତି ଏବଂ ଏମାନଙ୍କ ସହ ଆପୋଲୋ ହସ୍ପିଟାଲ୍ ଗ୍ରୁପ୍‌ର ଏକ୍ସିକ୍ୟୁଟିଭ୍ ଭାଇସ୍ ଚେୟାର ପରସନ୍ ମିସ୍ ଶୋଭନା କମିନେନି ଏବଂ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ଏମ୍‌ଡି ଡେଜିଗ୍‌ନେଟ୍ ଶ୍ରୀଯୁକ୍ତ ଶଶୀଧର ଜଗଦିସ୍ନ ମଧ ଉପସ୍ଥିତ ରହିଥିଲେ । ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ଗ୍ରାହକମାନେ ଦି ହେଲ୍‌ଦି ଲାଇଫ୍ ସେବା ଦ୍ୱାରା ଯେକୌଣସି ସମୟରେ ବିନା ମୂଲ୍ୟରେ ଆପୋଲୋ ହସ୍ପିଟାଲ୍‌ର ଡ଼ାକ୍ତର ମାନଙ୍କ ସହ ଚିକିତ୍ସା ସମ୍ବନ୍ଧୀୟ କଥା ହୋଇପାରିବେ, ପ୍ରଥମ ବର୍ଷ ଜଣେ ଆପୋଲୋ ମେମ୍ବରଶିପ୍ ପାଇପାରିବେ ଓ ଆପୋଲୋ ୨୪/୭ରେ କ୍ରମାଗତ ଚିକିତ୍ସା କରାଇପାରିବେ । ଏହାଛଡ଼ା ଏହାର ମେଡ଼ିସିନ୍‌ର ହୋମ୍‌ଡ଼େଲେଭରି ମେମ୍ବରସିପ୍ ଡ଼ିସ୍କାଉନଟ୍, ହ୍ୱାଟସ୍ୟାପ୍ ଦ୍ୱାରା ସବୁବେଳେ ଆଡ଼ଭାଇଜର ଓ ସମ୍ପୂର୍ଣ୍ଣ ହେଲଥ୍ ଚେକ୍‌ଅପ୍ ସୁବିଧା ପାଇବେ । ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଗ୍ରାହକମାନଙ୍କୁ ୪୦ ଲକ୍ଷ ପର୍ଯ୍ୟନ୍ତ ପ୍ରି ଆପ୍ରୁଭ ପର୍ସନାଲ ଲୋନ୍, ୧୦ ସେକେଣ୍ଡରେ ଲୋନ୍ ସେବା, କ୍ରେଡ଼ିଟ୍ ଓ ଡ଼େବିଟ୍ କାର୍ଡ଼ରେ ନୋ କଷ୍ଟ ଇଏମ୍‌ଆଇ, ଆଇ କେୟାର, ଡ଼େନ୍ଟାଲ କେୟାର, ମାର୍ଟିନିଟି ଏବଂ ଆଭିଏଫ୍ ସେବାରେ ଲାଇଫ୍ କେୟାର ଫାଇନାନ୍ସ ଓ କ୍ରେଡ଼ିଟ୍ କାର୍ଡ଼ ଫ୍ୟାସେଲିଟି ଇଏମ୍‌ଆଇରେ, ଇନ୍‌ଷ୍ଟାନଟ୍ ଛାଡ଼୍ ଆଦି ସେବା ଯୋଗାଇବ । ଏହି ଅବସରରେ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ପରିଚାଳକ ନିର୍ଦ୍ଦେଶକ ଶ୍ରୀଯୁକ୍ତ ଆଦିତ୍ୟ ପୁରୀ କହିଛନ୍ତି ଯେ, ଜୀବନ ଏବଂ ସ୍ୱାସ୍ଥ୍ୟ ଠାରୁ କିଛି ବି ବଡ଼ ନୁହେଁ । ଏକ ସ୍ୱାସ୍ଥ୍ୟବାନ ଭାରତ ହିଁ ଏକ ସମୃଦ୍ଧି ଭରା ଦେଶ ହେଇପାରିବ । ସ୍ୱାଧିନତା ଦିବସରେ ପ୍ରଧାନମନ୍ତ୍ରୀଙ୍କ ଡ଼ିଜିଟାଲ ସ୍ୱାସ୍ଥ୍ୟ ସେବାର ଆହ୍ୱାନକୁ ସମ୍ମାନ ଜଣାଇ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଆପୋଲୋ ହସ୍ପିଟାଲ୍‌ର ୨୪/୭ ସହ ଏହି ସେବାର ଆରମ୍ଭ କରିଛି ଯାହା ଦ୍ୱାରା ଆମ ଗ୍ରାହକମାନେ ସୁବିଧାରେ ସ୍ୱାସ୍ଥ୍ୟ ସେବା ପାଇପାରିବେ । ଏହି ସେବା ଦ୍ୱାରା ଲୋକମାନେ ଅତି ଉଚ୍ଚ କୋଟିର ହେଲଥ୍ କେୟାର ଏବଂ ସୁଲଭ ଫାଇନାନ୍ସ ସହଜରେ ପାଇପାରିବେ ଓ ଏହି ସେବାର ଏକ ଅଂଶ ହୋଇଥିବାରୁ ଆମେ ବହୁତ ଖୁସି ବୋଲି ଆପୋଲୋ ହସ୍ପିଟାଲ୍‌ର ଚେୟାରମ୍ୟାନ୍ ଡ଼ଃ.ପ୍ରତାପ ସି. ରେଡ୍ଡୀ କହିଛନ୍ତି । ସ୍ୱାସ୍ଥ୍ୟ ପରିକ୍ଷା ପାଇଁ ଆମେ ସମୟକୁ ଅନ୍ୟ ଅସୁବିଧା ତୁଳନାରେ ଅଧିକ ମହତ୍ୱ ଦେଇଥାଉ, ଏହି ପାର୍ଟନରସିପ୍ ଦ୍ୱାରା ସମସ୍ତ ଭାରତୀୟ ମାନେ ଦେଶର ଯେକୌଣସି ସ୍ଥାନରୁ ଡ଼ିଜିଟାଲି ଉ ମ ସ୍ୱାସ୍ଥ୍ୟ ସେବା ସୁଲଭ ମୂଲାଙ୍କନରେ ପାଇପାରିବେ ବୋଲି ଆପୋଲୋ ହସ୍ପିଟାଲ୍ ଗ୍ରୁପ୍‌ର ଏକ୍ସିକ୍ୟୁଟିଭ୍ ଭାଇସ୍ ଚେୟାର ପରସନ୍ ମିସ୍ ଶୋଭନା କମିନେନିକହିଛନ୍ତି ।ଯେକୌଣସି ସମୟରେ ବିନା ମୂଲ୍ୟରେ ଆପୋଲୋ ହସ୍ପିଟାଲ୍‌ର ଡ଼ାକ୍ତର ମାନଙ୍କ ସହ ଚିକିତ୍ସା ସମ୍ବନ୍ଧୀୟ କଥା ହୋଇପାରିବେ, ପ୍ରଥମ ବର୍ଷ ଜଣେ ଆପୋଲୋ ମେମ୍ବରଶିପ୍ ପାଇପାରିବେ ଓ ଆପୋଲୋ ୨୪/୭ରେ କ୍ରମାଗତ ଚିକିତ୍ସା କରାଇପାରିବେ । ଏହାଛଡ଼ା ଏହାର ମେଡ଼ିସିନ୍‌ର ହୋମ୍‌ଡ଼େଲେଭରି ମେମ୍ବରସିପ୍ ଡ଼ିସ୍କାଉନଟ୍, ହ୍ୱାଟସ୍ୟାପ୍ ଦ୍ୱାରା ସବୁବେଳେ ଆଡ଼ଭାଇଜର ଓ ସମ୍ପୂର୍ଣ୍ଣ ହେଲଥ୍ ଚେକ୍‌ଅପ୍ ସୁବିଧା ପାଇବେ । ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଗ୍ରାହକମାନଙ୍କୁ ୪୦ ଲକ୍ଷ ପର୍ଯ୍ୟନ୍ତ ପ୍ରି ଆପ୍ରୁଭ ପର୍ସନାଲ ଲୋନ୍, ୧୦ ସେକେଣ୍ଡରେ ଲୋନ୍ ସେବା, କ୍ରେଡ଼ିଟ୍ ଓ ଡ଼େବିଟ୍ କାର୍ଡ଼ରେ ନୋ କଷ୍ଟ ଇଏମ୍‌ଆଇ, ଆଇ କେୟାର, ଡ଼େନ୍ଟାଲ କେୟାର, ମାର୍ଟିନିଟି ଏବଂ ଆଭିଏଫ୍ ସେବାରେ ଲାଇଫ୍ କେୟାର ଫାଇନାନ୍ସ ଓ କ୍ରେଡ଼ିଟ୍ କାର୍ଡ଼ ଫ୍ୟାସେଲିଟି ଇଏମ୍‌ଆଇରେ, ଇନ୍‌ଷ୍ଟାନଟ୍ ଛାଡ଼୍ ଆଦି ସେବା ଯୋଗାଇବ । ଏହି ଅବସରରେ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କର ପରିଚାଳକ ନିର୍ଦ୍ଦେଶକ ଶ୍ରୀଯୁକ୍ତ ଆଦିତ୍ୟ ପୁରୀ କହିଛନ୍ତି ଯେ, ଜୀବନ ଏବଂ ସ୍ୱାସ୍ଥ୍ୟ ଠାରୁ କିଛି ବି ବଡ଼ ନୁହେଁ । ଏକ ସ୍ୱାସ୍ଥ୍ୟବାନ ଭାରତ ହିଁ ଏକ ସମୃଦ୍ଧି ଭରା ଦେଶ ହେଇପାରିବ । ସ୍ୱାଧିନତା ଦିବସରେ ପ୍ରଧାନମନ୍ତ୍ରୀଙ୍କ ଡ଼ିଜିଟାଲ ସ୍ୱାସ୍ଥ୍ୟ ସେବାର ଆହ୍ୱାନକୁ ସମ୍ମାନ ଜଣାଇ ଏଚ୍‌ଡ଼ିଏଫ୍‌ସି ବ୍ୟାଙ୍କ ଆପୋଲୋ ହସ୍ପିଟାଲ୍‌ର ୨୪/୭ ସହ ଏହି ସେବାର ଆରମ୍ଭ କରିଛି ଯାହା ଦ୍ୱାରା ଆମ ଗ୍ରାହକମାନେ ସୁବିଧାରେ ସ୍ୱାସ୍ଥ୍ୟ ସେବା ପାଇପାରିବେ । ଏହି ସେବା ଦ୍ୱାରା ଲୋକମାନେ ଅତି ଉଚ୍ଚ କୋଟିର ହେଲଥ୍ କେୟାର ଏବଂ ସୁଲଭ ଫାଇନାନ୍ସ ସହଜରେ ପାଇପାରିବେ ଓ ଏହି ସେବାର ଏକ ଅଂଶ ହୋଇଥିବାରୁ ଆମେ ବହୁତ ଖୁସି ବୋଲି ଆପୋଲୋ ହସ୍ପିଟାଲ୍‌ର ଚେୟାରମ୍ୟାନ୍ ଡ଼ଃ.ପ୍ରତାପ ସି. ରେଡ୍ଡୀ କହିଛନ୍ତି । ସ୍ୱାସ୍ଥ୍ୟ ପରିକ୍ଷା ପାଇଁ ଆମେ ସମୟକୁ ଅନ୍ୟ ଅସୁବିଧା ତୁଳନାରେ ଅଧିକ ମହତ୍ୱ ଦେଇଥାଉ, ଏହି ପାର୍ଟନରସିପ୍ ଦ୍ୱାରା ସମସ୍ତ ଭାରତୀୟ ମାନେ ଦେଶର ଯେକୌଣସି ସ୍ଥାନରୁ ଡ଼ିଜିଟାଲି ଉ ମ ସ୍ୱାସ୍ଥ୍ୟ ସେବା ସୁଲଭ ମୂଲାଙ୍କନରେ ପାଇପାରିବେ ବୋଲି ଆପୋଲୋ ହସ୍ପିଟାଲ୍ ଗ୍ରୁପ୍‌ରଏକ୍ସିକ୍ୟୁଟିଭ୍ ଭାଇସ୍ ଚେୟାର ପରସନ୍ ମିସ୍ ଶୋଭନା କମିନେନିକହିଛନ୍ତି ।

# କନ୍ଧମାଳରେ ସାଂସଦଙ୍କ ଦ୍ୱାରା ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ

ଫୁଲବାଣୀ,(ପି.ଏନ): କନ୍ଧମାଳ ସାଂସଦ ଅଚ୍ୟୁତ ସାମନ୍ତ ରବିବାର ଓ ସୋମବାର ଦୁଇଦିନ ଧରି କନ୍ଧମାଳ ଜିଲ୍ଲାରେ ବିଭିନ୍ନ ଲୋକାଭିମୁଖୀ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି । ସାଂସଦ ଶ୍ରୀ ସାମନ୍ତ ରବିବାର ପୂର୍ବାହ୍ନରେ ଫୁଲବାଣୀରେ ଆୟୋଜିତ ବିରାଟ ସାଧାରଣ ସଭାରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୀର୍ବାଦରେ କନ୍ଧମାଳ ଜିଲ୍ଲାରେ ବିକାଶର ରଥ ଆଗେଇ ଚାଲିଛି ବୋଲି କହିଥିଲେ । କନ୍ଧମାଳ ଜିଲ୍ଲାବାସୀଙ୍କ ସହଯୋଗରେ କନ୍ଧମାଳକୁ ଏକ ନମ୍ବର ଜିଲ୍ଲାରେ ପରଣିତ କରିବା ପାଇଁ ସେ ଆହ୍ୱାନ କରିଥିଲେ । ପରେ ଶ୍ରୀ ସାମନ୍ତ ବାଲିଗୁଡ଼ା ବ୍ଲକର ୪ଟି ଦୁର୍ଗମ ପଞ୍ଚାୟତରେ ୧୫କୋଟି ଟଙ୍କା ବ୍ୟୟ ଅଟକଳରେ ବିଜୁ ସେତୁ ଯୋଜନାରେ ନିର୍ମାଣ ହେବାକୁ ଥିବା ୪ଟି ସେତୁର ଭିତ୍ତିପ୍ରସ୍ଥର ସ୍ଥାପନ କରିଛନ୍ତି । ବାଲିଗୁଡ଼ା ବ୍ଲକର ବାରଖମା ପଞ୍ଚାୟତ ଡ଼େଲାମୁଣ୍ଡାଠାରୁ ଗତିଙ୍ଗିଆ ରାସ୍ତାରେ ୨କୋଟି ୮୭ଲକ୍ଷ ଟଙ୍କା ବ୍ୟୟରେ ଏବଂ ସଲାଗୁଡ଼ା ପଞ୍ଚାୟତ ସକରପଡ଼ି–ବୁକୁକିଆ ରାସ୍ତାରେ ୨କୋଟି ୯୦ଲକ୍ଷ ଟଙ୍କା ବ୍ୟୟରେ ନିର୍ମାଣ ହେବାକୁ ଥିବା ସେତୁର ଭିତ୍ତିପ୍ରସ୍ତର ସ୍ଥାପନ କରିଥିବା ବେଳେ ବୁଡୁରୁକିଆ ପଞ୍ଚାୟତର ମାଦିନାଟ ନାଳ ଉପରେ ୫କୋଟି ୫ଲକ୍ଷ ଟଙ୍କା ଏବଂ ସିନ୍ଦ୍ରିଗାଁ ପଞ୍ଚାୟତର ଗାଡ଼ିଆଯୋଡ଼ି ନାଳ ଉପରେ ୩ କୋଟି ୯୬ଲକ୍ଷ ଟଙ୍କା ବ୍ୟୟରେ ନିର୍ମାଣ ହେବାକୁ ଥିବା ହାଇ ଲେବଲ୍ ସେତୁର ଶିଳାନ୍ୟାସ କରିଥିଲେ । ଏହି କାର୍ଯ୍ୟକ୍ରମରେ ବାଲିଗୁଡ଼ା ବିଧାୟକ ଚକ୍ରମଣୀ କହଁର, କନ୍ଧମାଳ ଜିଲ୍ଲା ପରିଷଦ ଅଧ୍ୟକ୍ଷା ନନ୍ଦିନୀ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ । ସେହିପରି ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନାରେ ରାଇକିଆ ବ୍ଲକର ସୁଗଡ଼ାବାଡ଼ି–ଡ଼ିଗି ରାସ୍ତାର ଭିତ୍ତିପ୍ରସ୍ତର କାର୍ଯ୍ୟକ୍ରମରେ ଯୋଗଦେବା ସହ ରାଇକିଆ, ଟିଆଙ୍ଗିଆ, କାନବାଗେରୀ, ଟିକାବାଲିଠାରେ ସଂଖ୍ୟାଲଘୁ ଗୋଷ୍ଠୀ କେନ୍ଦ୍ର ନିର୍ମାଣ ନିମନ୍ତେ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହାଛଡ଼ା ରାଇକିଆଠାରେ ପଞ୍ଚାୟତ ସୁବିଧା କେନ୍ଦ୍ର ଓ ରାଇକିଆ ଉପ ସ୍ୱାସ୍ଥ୍ୟକେନ୍ଦ୍ରରେ ଆୟୁଷ୍ମାନ ଆରୋଗ୍ୟ କେନ୍ଦ୍ରର ଉଦ୍‌ଘାଟନ କରିଥିଲେ । ପରେ ରାଇକିଆଠାରେ ୩ଟି ସ୍ୱଂୟ ସହାୟକ ଗୋଷ୍ଠୀର ମହିଳାଙ୍କୁ ନିଜସ୍ୱ ପାଣ୍ଠିରୁ ସିଲେଇ ମେସିନ୍ ବଣ୍ଟନ କରିଥିଲେ । ସୂଚନାଯୋଗ୍ୟ, ମହିଳାମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ କରିବା ଲକ୍ଷ୍ୟରେ ସାଂସଦ ଶ୍ରୀ ସାମନ୍ତ ନିଜସ୍ୱ ପାଣ୍ଠିରୁ କନ୍ଧମାଳ ଜିଲ୍ଲାର ବିଭିନ୍ନ ବ୍ଲକରେ ମହିଳା ସ୍ୱଂୟ ସହାୟକ ଗୋଷ୍ଠୀକୁ ସିଲେଇ ମେସିନ୍ ବଣ୍ଟନ କରିଆସୁଛନ୍ତି । ଏହିସବୁ କାର୍ଯ୍ୟକ୍ରମରେ ଉପବାଚସ୍ପତି ସାଲୁଗା ପ୍ରଧାନ, ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଅଧ୍ୟକ୍ଷ ରୋଦନ ମଲ୍ଲିକ, କନ୍ଧମାଳ ଜିଲ୍ଲା ପରିଷଦ ଉପାଧ୍ୟକ୍ଷା ସାଧବାଣୀ ନାୟକ, ରାଇକିଆ ବ୍ଲକ ଅଧ୍ୟକ୍ଷ ପ୍ରୀତମ ପ୍ରଧାନ, ବିଡିଓ ସୀମାଚଳ ମଣ୍ଡଳ ପ୍ରମୁଖ ଯୋଗଦେଇ ଥିଲେ ।

# ଫିରିଙ୍ଗିଆରେ ଜୀବନ ବିନ୍ଦୁ କାର୍ଯ୍ୟକ୍ରମ ୮୫ ୟୁନିଟ ରକ୍ତ ସଂଗୃହିତ

କନ୍ଧମାଳ,(ପିଏନ)–କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ ସଦରମହକୁମା ଠାରେ ଥିବା ବିଜୁକଲ୍ୟାଣ ମଣ୍ଡପରେ ଜିଲ୍ଲା ବିଜୁ ଜନତା ଦଳ ପକ୍ଷରୁ ଜୀବନ ବିନ୍ଦୁ କାର୍ଯ୍ୟକ୍ରମ ଅନ୍ତର୍ଗତ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଆୟୋଜିତ ହୋଇଥିଲା । ଏହି ଶିବିର ଜିଲ୍ଲା ବିଜୁ ଜନତା ଦଳର ସଭାପତି ସରୋଜ କର୍ଣ୍ଣଙ୍କ ପରିଚାଳନାରେ ଆୟୋଜିତ ହୋଇଥିଲା । ଏଥିରେ କନ୍ଧମାଳ ଜିଲ୍ଲା ପରିଷଦର ଉପାଧ୍ୟକ୍ଷା ସାରତୀ ମଲ୍ଲିକ,ଜିଲ୍ଲା ବିଜେଡି ଯୁବ ସଭାପତି ବିଷ୍ଣୁଚରଣ ମଲ୍ଲିକ,ଫିରିଙ୍ଗିଆ ବ୍ଲକ ଅଧ୍ୟକ୍ଷ ଲାଲନନ୍ଦ ପ୍ରଧାନ,ଜିଲ୍ଲା ପରିଷଦ ସଦସ୍ୟା ଜୟଶ୍ରୀ କହଁର,ସମିତି ସଭ୍ୟ ପ୍ରତାପ କୁମାର ସାହୁ,ବିଜୁ ଜନତା ଦଳ ଫିରିଙ୍ଗିଆ ସଭାପତି ପ୍ରଦୀପ କୁମାର ବେହେରାଙ୍କ ସମେତ ସମସ୍ତ ବିଜୁ ଜନତା ଦଳର କର୍ମୀମାନେ ଉପସ୍ଥିତ ରହି ରକ୍ତଦାନ କରିଥିଲେ ।

# ହୀଦ ବାଜି ରାଉତଙ୍କ ନାମରେ ଜାତୀୟ ଶିଶୁ ସାହସିକତା ପୁରସ୍କାର ଦାବିରେ ମହିଳା ଶିଶୁ ବିଭାଗ ମନ୍ତ୍ରୀଙ୍କୁ ସମାଜବାଦୀ ପାର୍ଟିର ପତ୍ର

ଭୁବନେଶ୍ୱର, (ପିଏନ)– ସ୍ୱାଧୀନତା ସଂଗ୍ରାମର ସର୍ବକନିଷ୍ଠ ଶହୀଦ ବାଜି ରାଉତ (୫ ଅକ୍ଟୋବର ୧୯୨୬ – ୧୧ ଅକ୍ଟୋବର ୧୯୩୮)ଙ୍କ ନାମରେ ଜାତୀୟ ଶିଶୁ ସାହସିକତା ପୁରସ୍କାର ପ୍ରଦାନ କରିବା, ଜାତୀୟ ସ୍ତରରେ ତାଙ୍କ ନାମରେ ଏକ ଶିଶୁ ପାର୍କ ପ୍ରତିଷ୍ଠା ଓ ରାଜଧାନୀରେ ବାଜି ରାଉତଙ୍କ ପ୍ରତିମୂର୍ତ୍ତି ପ୍ରତିଷ୍ଠା ଦାବିକରି ସମାଜବାଦୀ ପାର୍ଟି ଓଡ଼ିଶା ରାଜ୍ୟ କମିଟି ପକ୍ଷରୁ ଦେଶର ମହିଳା ଓ ଶିଶୁ ବିକାଶ ମନ୍ତ୍ରୀ ଶ୍ରୀମତୀ ସ୍ମୃତି ଇରାନୀଙ୍କ ପାଖକୁ ଆଜି ବାଜି ରାଉତଙ୍କ ୮୨ତମ ଶହୀଦ ଦିବସ ଉପଲକ୍ଷେ ଏକ ପତ୍ର ଲେଖାଯାଇଛି । ପାର୍ଟିର ରାଜ୍ୟ ସଭାପତି ରବି ବେହେରାଙ୍କ ଲିଖିତ ଏହି ପତ୍ରର ଏକକିତା ନକଲ ଦେଶର ପ୍ରଧାନମନ୍ତ୍ରୀ, କେନ୍ଦ୍ର ପେଟ୍ରୋଲିୟମ ଓ ଇସ୍ପାତ ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଏବଂ ଓଡ଼ିଶାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ମଧ୍ୟ ପ୍ରଦାନ କରାଯାଇ ଏ ଦିଗରେ ବିହିତ ପଦକ୍ଷେପ ନେବାପାଇଁ ଅନୁରୋଧ କରାଯାଇଛି । ଏହି ପତ୍ରରେ ଶ୍ରୀ ବେହେରା ଦର୍ଶାଇଛନ୍ତି ଯେ, ୧୨ ବର୍ଷର ବାଳକ ବାଜି ରାଉତଙ୍କର ତ୍ୟାଗ ଅତୁଳନୀୟ । ଜାତୀୟ ଇତିହାସ ପୃଷ୍ଠାରେ ତାଙ୍କ ତ୍ୟାଗ ପାଇଁ ଯେଉଁ ସ୍ଥାନ ମିଳିବା କଥା, ତାହା ମିଳିପାରିନାହିଁ । ଦେଶର ସ୍ୱାଧୀନତା ସଂଗ୍ରାମରେ ସେ ଥିଲେ ସର୍ବକନିଷ୍ଠ ଶହୀଦ । ଆଜିର ପିଢୀ ତାଙ୍କ ଜୀବନୀରୁ ଅନେକ କିଛି ଶିଖିପାରିବ। ଆଜିର ଶିଶୁମାନଙ୍କ ଭିତରେ ବାଜି ରାଉତଙ୍କ ତ୍ୟାଗ ଓ ସାହାସର ବ୍ୟାପକ ପ୍ରଚାର ଓ ପ୍ରସାରର ଆବଶ୍ୟକତା ରହିଛି । ତେଣୁ ଏହାକୁ ଆଖି ଆଗରେ ରଖି ଶହୀଦ ବାଜି ରାଉତଙ୍କ ନାମରେ ଜାତୀୟ ସ୍ତରରେ ଏକ ଶିଶୁ ସାହସିକତା ପୁରସ୍କାର ପ୍ରଦାନ କରାଯାଉ ଏବଂ ତାଙ୍କ ନାମରେ ଏକ ଶିଶୁ ପାର୍କ ପ୍ରତିଷ୍ଠା କରାଯାଇ ତାଙ୍କ ପ୍ରତିମୂର୍ତ୍ତିକୁ ସେଠାରେ ସ୍ଥାନିତ କରାଯିବାକୁ ଶ୍ରୀ ବେହେରା ଦାବି କରିଛନ୍ତି । ରାଜ୍ୟ ରାଜଧାନୀ ଭୁବନେଶ୍ୱରରେ ମଧ ଏ ଦିଗରେ ରାଜ୍ୟ ସରକାର ବିହିତ ପଦକ୍ଷେପ ନେବାପାଇଁ ସେ ମୁଖ୍ୟମନ୍ତ୍ରୀଙ୍କୁ ଇ–ମେଲ୍ ଯୋଗେ ଏକ ପତ୍ର ପ୍ରଦାନ କରି ଅନୁରୋଧ କରିଛନ୍ତି ।

## ଚୋରା ମଦ ବିକ୍ରି ବନ୍ଦ କରିବାକୁ ଯାଇଥିବା ମହିଳା ପୁଲିସଙ୍କୁ ଆକ୍ରମଣ

# ଜଣେ ଗିରଫ, ଅନ୍ୟମାନେ ଫେରାର

ବାରିପଦା,(ପିଏନ)– ମୟୂରଭଞ୍ଜ ଜିଲ୍ଲା ବିଶୋଇ ବ୍ଲକ ତଥା ବିଶୋଇ ଥାନା ନିକଟ ଶନିବାର ସାପ୍ତାହିକ ହାଟରେ କେତେକ ମହିଳା ସବୁ ଦିନ ବସି ହାଣ୍ଡିଆ ସହ ମହୁଲି ମଦ ବିକ୍ରି କରିଥାନ୍ତି । କେବଳ ହାଟ ବାରି ଦିନ ହାଣ୍ଡିଆ ଓ ମଦ ପିଇବା ନିମନ୍ତେ ସେମାନଙ୍କ ନିକଟରେ ବେଶ ଗହଳି ଜମି ଥାଏ । ଏହି ହାଣ୍ଡିଆ ଓ ଦେଶୀ ମହୁଲି ମଦ ବିକ୍ରିକୁ ବନ୍ଦ କରିବା ନିମନ୍ତେ ବିଶୋଇ ଥାନା ମହିଳା ପୁଲିସ କର୍ମଚାରୀ ମଞ୍ଜୁଲତା ସାହୁ ହାଣ୍ଡିଆ ଓ ମଦ ବିକ୍ରି କରୁଥିବା ମହିଳାମାନଙ୍କୁ ତାଗିଦ କରିଥିଲେ । କିନ୍ତୁ ପୁଲିସର ସତର୍କବାଣିକୁ ମହିଳାମାନେ ନ ମାନି ସେମାନଙ୍କର ବ୍ୟବସାୟ ଜାରି ରଖିଥିଲେ । ଖବରପାଇ ବିଶୋଇ ଥାନା ମହିଳା ପୁଲିସ ପହଁଚି ହାଣ୍ଡିଆ ଓ ମଦ ବିକ୍ରିକୁ ବନ୍ଦ କରିବାକୁ ନିର୍ଦ୍ଦେଶ ଦେବା ପରେ ଉଭୟଙ୍କ ମଧ୍ୟରେ ପ୍ରଥମେ କଥାକଟାକଟି ଓ ପରେ ହାତାହାତି ଆରମ୍ଭ ହୋଇଯାଇଥିଲା । ଦୁଇ ଜଣ ମହିଳା ହାଣ୍ଡିଆ ଓ ଚୋରା ଦେଶୀ ମଦ ବ୍ୟବସାୟୀ ଯାଇଥିବା ମହିଳା ପୁଲିସ କର୍ମଚାରୀମାନଙ୍କୁ ମିଳିତ ଭାବେ ଆକ୍ରମଣ କରିଥିଲେ । ଏହାପରେ ମହିଳା ପୁଲିସ କର୍ମଚାରୀ ମଧ ମହିଳା ହାଣ୍ଡିଆ ଓ ଚୋରା ଦେଶୀ ମଦ ବ୍ୟବସାୟୀମାନଙ୍କୁ ଆକ୍ରମଣ କରୁଥିବାର ଏକ ଭିଡ଼ିଓ ମଧ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଥିଲା । ଏହାପରେ ମହିଳା ପୁଲିସ କର୍ମଚାରୀ ସ୍ଥାନୀୟ କାଣ୍ଡରା ଗ୍ରାମର କାପୁରା ମାର୍ଣ୍ଡିଙ୍କୁ ଧରି ଥାନାକୁ ନେଇ ଯାଇଥିଲେ ଏବଂ ଥାନାରେ ୯୯/୨୦୨୦ରେ ଏକ ମାମଲା ରୁଜୁ କରି ବେଆଇନ ଭାବେ ଚୋରା ମଦ ବିକ୍ରି କରିବା ଓ ପୁଲିସ କର୍ମଚାରୀଙ୍କୁ ଆକ୍ରମଣ କରିବା ଅଭିଯୋଗରେ ଗିରଫ କରିଥିବା ବେଳେ ଅନ୍ୟ ଜଣେ ଅଭିଯୁକ୍ତ ଫେରାର ହୋଇଯାଇଛି । ପୁଲିସ ପକ୍ଷରୁ ତାକୁ ଧରିବା ନିମନ୍ତେ ତଲାସୀ ଜାରି ଥିବାର ଜଣାପଡ଼ିଛି ।

# ଜୀବନ କୌଶଳ ସମ୍ବନ୍ଧିତ ସ୍ୱତନ୍ତ୍ର ପ୍ୟାକେଜ ଅଦ୍ୱିକା ର ଲୋକାର୍ପଣ

ଭୁବନେଶ୍ୱର, (ପିଏନ)– ଆନ୍ତର୍ଜାତୀୟ ବାଳିକା ଦିବସ ଅବସରରେ ମହିଳା ଓ ଶିଶୁବିକାଶ ଏବଂ ମିଶନ ଶକ୍ତି ବିଭାଗ ଦ୍ୱାରା ଆଜି ପୂର୍ବାହ୍ନରେ ଆୟୋଜିତ ରାଜ୍ୟସ୍ତରୀୟ ୱେବିନାରରେ ରାଜ୍ୟର କିଶୋରୀମାନଙ୍କ ନିମନ୍ତେ ଜୀବନ କୌଶଳ ସମ୍ବନ୍ଧିତ ସ୍ୱତନ୍ତ୍ର ପ୍ୟାକେଜ ଅଦ୍ୱିକା ର ଲୋକାର୍ପଣ ଅନୁଷ୍ଠିତ ହୋଇଯାଇଛି । ଚଳିତ ବର୍ଷ ଏହି ଦିବସର ଥିମ୍ ରହିଛି ମୋ ସ୍ୱର, ଆମର ସମାନ ଭବିଷ୍ୟତ । ବିଭାଗୀୟ ମନ୍ତ୍ରୀ ଟୁକୁନି ସାହୁଙ୍କ ଦ୍ୱାରା ଏହି ପ୍ୟାକେଜ ଲୋକାର୍ପିତ ହୋଇଥିଲା । ଏହି କାର୍ଯ୍ୟକ୍ରମ ରାଜ୍ୟର ୧୦ରୁ ୧୯ ବର୍ଷ ବୟସର କିଶୋରୀମାନଙ୍କ ସାମଗ୍ରିକ ବିକାଶ ଏବଂ ସଶକ୍ତିକରଣ ପାଇଁ ଉଦ୍ଦିଷ୍ଟ ଏବଂ ରାଜ୍ୟର ସମସ୍ତ ଅଙ୍ଗନବାଡ଼ି କେନ୍ଦ୍ର ଜରିଆରେ ଏହା କାର୍ଯ୍ୟକାରୀ କରାଯିବ ।

ଏହି ୱେବିନାରରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ବିଭାଗୀୟ ମନ୍ତ୍ରୀ ଶ୍ରୀମତୀ ସାହୁ କହିଲେ, ଅଦ୍ୱିକାର ଅର୍ଥ ଅଦ୍ୱିତୀୟ କରି ଗଢ଼ି ତୋଳିବାରେ ଏହା ଏକ ଅଭିନବ ପ୍ରୟାସ । ନିଜ ସମସ୍ୟାକୁ ବୁଝିପାରିଲେ ନିଜ ଅଧିକାର ପାଇଁ ସେମାନେ ଲଢ଼ି ଶିଖିବେ ଏବଂ ସମାଜରେ ଦୃଢ଼ ଭାବେ ଠିଆ ହୋଇପାରିବେ । ପ୍ରତ୍ୟେକ ଝିଅଙ୍କ ସୁରକ୍ଷିତ, ସୁଖପୂର୍ଣ୍ଣ ଉଜ୍ଜଳ ଭବିଷ୍ରତ ନିର୍ମାଣ ନିମନ୍ତେ ରାଜ୍ୟ ସରକାର ସଂକଳ୍ପବଦ୍ଧ ବୋଲି ମନ୍ତ୍ରୀ ଶ୍ରୀମତୀ ସାହୁ କହିଥିଲେ ।



୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
ପର୍ଯ୍ୟବେକ୍ଷକ
Bhubaneswar Saturday January 18 | ଭୁବନେଶ୍ୱର ଶନିବାର, ଜାନୁଆରୀ ୧୮,୨୦୨୫ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com


# ଆମେରିକାର ସିନ୍‌ସିନାଟି ବିଶ୍ୱବିଦ୍ୟାଳୟ ସଭାପତିଙ୍କୁ କିସ୍ ଜୀବନବ୍ୟାପୀ ସାଧନା ସମ୍ମାନ

ଭୁବନେଶ୍ୱର,(ପି.ଏନ): ଆମେରିକାର ସିନ୍‌ସିନାଟି ବିଶ୍ୱବିଦ୍ୟାଳୟର ସଭାପତି ପ୍ରଫେସର ନେଭେଲି ଜି ପିଣ୍ଟୋଙ୍କୁ ଆଜି କିସ୍ ପକ୍ଷରୁ ସମ୍ମାନଜନକ କିସ୍ ଜୀବନବ୍ୟାପୀ ସାଧନା ସମ୍ମାନରେ ସମ୍ମାନୀତ କରାଯାଇଛି। ଆଜି ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ତାଙ୍କୁ ଏହି ସମ୍ମାନ ପ୍ରଦାନ କରିଥିଲେ। ଏହି ସମ୍ମାନ ଗ୍ରହଣକରି ପିଣ୍ଟୋ ଶିକ୍ଷା ଓ ଜନଜାତିଙ୍କ ସଶକ୍ତିକରଣ କ୍ଷେତ୍ରରେ ଅଚ୍ୟୁତ ସାମନ୍ତଙ୍କ ଅବଦାନର ଭୂୟସୀ ପ୍ରଶଂସା କରିଥିଲେ। ସେ କହିଲେ, ଶ୍ରୀ ସାମନ୍ତଙ୍କ ଦର୍ଶନ ଅନ୍ୟମାନଙ୍କ ପାଇଁ ପ୍ରକୃତରେ ପ୍ରେରଣାଦାୟୀ। କିସ୍‌ର ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ପିଣ୍ଟୋ କହିଲେ ଶ୍ରୀ ସାମନ୍ତ ଆଜି ଯେଉଁ ସଫଳତା ହାସଲ କରିଛନ୍ତି ସେହି ସଫଳତା ହାସଲ କରିବା ପାଇଁ ତୁମ ପ୍ରତ୍ୟେକଙ୍କ ନିକଟରେ ଶକ୍ତି ରହିଛି। ଅନ୍ୟମାନଙ୍କ ପାଇଁ ଭଲ କରିବା ନିମନ୍ତେ ଜ୍ଞାନ ତୁମମାନଙ୍କୁ ଏହି ଶକ୍ତି ଯୋଗାଇଥାଏ । ଶ୍ରୀ ସାମନ୍ତଙ୍କ ନିଷ୍ଠା ଓ ଉତ୍ସର୍ଗୀକୃତ ମନୋଭାବ ସମସ୍ତଙ୍କ ପାଇଁ




ଆଲୋକ ବର୍ତ୍ତିକା ହେବା ଉଚିତ୍ ବୋଲି ସେ କହିଥିଲେ। ସିନ୍‌ସିନାଟି ବିଶ୍ୱବିଦ୍ୟାଳୟ ୨୦୦ବର୍ଷର ଏକ ପୁରୁଣା ଶିକ୍ଷାନୁଷ୍ଠାନ ହୋଇଥିବା ବେଳେ ମାତ୍ର ୨୭ବର୍ଷରେ କିଟ୍ ଓ କିସ୍‌ର ଏଭଳି ଅଭିବୃଦ୍ଧି ଦେଖି ସେ ଆଶ୍ଚର୍ଯ୍ୟ ପ୍ରକଟ କରିଥିଲେ। ସ୍ୱାଗତ ଭାଷଣ ଦେଇ ଶ୍ରୀ ସାମନ୍ତ କହିଲେ, ବିଶ୍ୱର ଏକ ସମ୍ମାନଜନକ ବିଶ୍ୱବିଦ୍ୟାଳୟ ସିନ୍‌ସିନାଟି ବିଶ୍ୱବିଦ୍ୟାଳୟର ନେତୃତ୍ୱ ନେଉଥିବା ପିଣ୍ଟୋଙ୍କ ଭଳି ଜଣେ ଭାରତୀୟ ବଂଶୋଦ୍ଭବ ଶିକ୍ଷାବିତ୍‌ଙ୍କୁ ସମ୍ମାନୀତ କରି ଆମେ ଗର୍ବିତ। ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ସିନ୍‌ସିନାଟି ବିଶ୍ୱବିଦ୍ୟାଳୟ ପ୍ରତିନିଧିମଣ୍ଡଳ ଓ କିସ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଦୀପକ କୁମାର ବେହେରାଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

# କେନାଲ ଭିତରୁ ଠାକୁରଙ୍କ ପିତ୍ତଳ ସାମଗ୍ରୀ ଉଦ୍ଧାର

ଜଗତସିଂହପୁର,(ପି ଏନ ) ଆତଙ୍କ ଖେଳାଇ ଚାଲିଛନ୍ତି ଚୋର, ସହର ମୁଣ୍ଡଉପରେ ଲୁଟପାଟ କରି ପୁଲିସଙ୍କୁ ଖୋଲା ଚ୍ୟାଲେଞ୍ଜ ଦେଉଛନ୍ତି କ୍ଷ ଲୋକଙ୍କ ନିଦ ହଜାଇ ଦେଉଛନ୍ତି । ଗୋଟିଏ ପରେ ଗୋଟିଏ ଚୋରି ହେଉଥିଲେ ମଧ୍ୟ ଦୁର୍ବୃତ୍ତଙ୍କ ଟେର ପାଇପାରୁନି ପୁଲିସ କ୍ଷ ସନ୍ଧାନୀ କୁକୁର ସାଇଣ୍ଟିଫିକ୍ ଟିମ୍ ସହାୟତା ନିଆଯାଉଥିଲେ ମଧ୍ୟ ଚୋରଙ୍କୁ ଧରିବାରେ ପୁଲିସ ଫେଲ ମାରିଛି କ୍ଷ ଜଗତସିଂହପୁର ସହର ଉପକଣ୍ଠ ଜୟବଡ଼ ବଡ଼ବଜାର, ଚର୍ଚ୍ଚିକା ବଜାର, ଓ ବିଭିନ୍ନ ସ୍ଥାନରେ ଏହି କିଛି ଦିନ ଧରି ସିରିଜ ଚୋରି ଲାଗିରହିଥିବା ବେଳେ ପୋଲିସ ପାଉନାହିଁ ଚୋରଙ୍କ ଟେର । ଯାହାକୁ ନେଇ ପୋଲିସ କାର୍ଯ୍ୟ ଶୈଳୀ ଉପରେ ପ୍ରଶ୍ନ ବାଚ୍ୀ ସୃଷ୍ଟି କରିଛି । ପ୍ରକାଶ ଥାଉକି ଜଗତସିଂହପୁର ସଦର ଥାନା ପୁରୋହିତପୁର-ସଅଁରା କେନାଲ ପଟଣା ନିକଟରେ ଆଜି ଶୁକ୍ରବାର ଦିନ କେହି ଦୁର୍ବୃତ୍ତ ଚୋରି କରି କେନାଲରେ ପକାଇଥିବା ସ୍ଥାନୀୟବାସିନ୍ଦା ଙ୍କ ଅନୁମାନ ଯେ



ଏକ ଅଖା ଭିତରେ ୫୦ ରୁ ଉର୍ଦ୍ଧ୍ୱ ପିତ୍ତଳ ନାଗ ସାପ ପଡିଥିବା ଦେଖିବାକୁ ମିଳୁଛି କ୍ଷ ଏହି ପିତ୍ତଳ ନାଗ ସାପ ଗୁଡିକ କୌଣସି ମନ୍ଦିରରୁ ଚୋରି କରି ସେହି ଚୋରି ସାମଗ୍ରୀକୁ କେହି ଦୁର୍ବୃତ୍ତ ଆଣି କେନାଲ ଭିତରେ ଫିଙ୍ଗି ଦେଇଥିବା ଅନୁମାନ କରାଯାଉଛି ।ସ୍ଥାନୀୟ ଲୋକେ ଆଜି ସକାଳୁ କେନାଲ ରେ ପଡିଥିବା ଦେଖିବା ପରେ ସଦର ଥାନା କୁ ଜଣାଇଥିଲେ, ଘଟଣା ସ୍ଥଳ ସଦର ପୁଲିସ ପହଞ୍ଚି ଛାନ୍ଭିନ୍ନ ଆରମ୍ଭ କରିଥିଲା, ଏହି ତମ୍ବା ନାଗ ସାପ କେଉଁଠୁ ଆସିଲା କିଏ ଆଣି ଫିଙ୍ଗିଛନ୍ତି, ତାହାର ସଠିକ ଭାବେ ପୁଙ୍ଖାନୁପୁଙ୍ଖ ତଦନ୍ତ କରାଯିବା ପରେ ପ୍ରକୃତ ରହସ୍ୟ ଜଣାପଡ଼ିବ ବୋଲି ଥାନା ପକ୍ଷରୁ ସୂଚନା ମିଳିଛି। ତେବେ ସିରିଜ ବାରମ୍ବାର ଚୋରି ବଳବନ୍ତ ରହିଥିବା ବେଳେ ଜଗତସିଂହପୁର ପୋଲିସର ହାତ ଏଯାଏ ଖାଲି ପଡିବା ନେଇ ପୋଲିସ କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚ୍ୀ ସୃଷ୍ଟି କରିଛି । ନୂତନ ଭାବରେ ଉକ୍ତ ଥାନାର ଥାନାଅଧିକାରୀ ଚୋରକୁ ଧରିବା ପାଇଁ ତାଙ୍କ ପାଇଁ ଏହା ଏକ ଚ୍ୟାଲେଞ୍ଜ ହୋଇପଡ଼ିଛି । ଦିନକୁ ଦିନ ଚୋରି ବୃଦ୍ଧି ପାଉଥିବାରୁ ସ୍ଥାନୀୟ ଲୋକଙ୍କ ମଧ୍ୟରେ ଭୟର ବାତାବରଣ ସୃଷ୍ଟି କରିଛି ।

# ତୃପ୍ତି ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ର ପ୍ରତିଷ୍ଠା ଦିବସ ଓ ପ୍ରତିଷ୍ଠାତା ଙ୍କ ଶ୍ରାଦ୍ଧ ଦିବସ ପାଳନ

ବାସୁଦେବପୁର,(ପି.ଏନ): ଭଦ୍ରକ ଜିଲ୍ଲା ବାସୁଦେବପୁର ପୌର ପରିଷଦ ରେ ଥିବା ତୃପ୍ତି ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ର ପ୍ରତିଷ୍ଠା ଦିବସ ଓ ପ୍ରତିଷ୍ଠାତା ବାଇଧର ପାଢ଼ୀ ଙ୍କ ଶ୍ରାଦ୍ଧ ଦିବସ ପାଳନ ହୋଇ ଯାଇଛି। ଏହି ଅବସର ରେ ଅନୁଷ୍ଠିତ ସଭା କାର୍ଯ୍ୟ କ୍ରମ ରେ ସଭାପତି ଅଧକ୍ଷା ସ୍ନିଗଧା ମହାନ୍ତି ଙ୍କ ସଭାପତିତ୍ୱ ରେ ମୁଖ୍ୟ ଅତିଥି ଭାବେ ବିଧାୟକ ଅଶୋକ କୁମାର ଦାସ, ମୁଖ୍ୟବକ୍ତା ଭାବେ ଶିକ୍ଷାବିତ୍ ଶରତ ଚନ୍ଦ୍ର ମହାପାତ୍ର ଓ ସମ୍ମାନିତ ଅତିଥି ଭାବେ ସମାଜ ସେବୀ ବୈଲୋଚ୍ନ ଜେନା ଯୋଗ ଦେଇ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ। ଅନୁଷ୍ଠିତ କାର୍ଯ୍ୟ କ୍ରମ ରେ ଅତିଥି ମାନଙ୍କ ପରିଚ୍ୟ ଗୋପାଳ ମହାକୁଡ କରିଥିବା ବେଳେ ବାର୍ଷିକ ବିବରଣୀ ପାଠ ଅଧ୍ୟାପିକା ଆରତୀ ଦାସ କରିଥିଲେ। ସେହିପରି ପ୍ରତିଷ୍ଠାତା ସ୍ୱର୍ଗତ ବାଇଧର ପାଢ଼ୀ ଙ୍କ ବିଷୟରେ ଉକ୍ତ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ର ପ୍ରତିଷ୍ଠା ବିଷୟ ରେ ସ୍ମୃତି ଚାରଣ ରଘୁନାଥ ରାଉଳ କରିଥିଲେ। ଅଧ୍ୟାପିକା ସଂଧ୍ୟା ରାଣୀ ମିଶ୍ର ଧନ୍ୟବାଦ୍ ଅର୍ପଣ କରିଥିଲେ। ଏହି ଅବସର ରେ ଅତିଥି ମାନେ ବାର୍ଷିକ ମୁଖ ପାତ୍ର ସତ୍ୟଭାମା ର ଶୁଭ ଉନ୍‌ମୋଚ୍ନ କରିଥିଲେ। ଶେଷରେ ଛାତ୍ରୀ ମାନଙ୍କୁ ନେଇ ସାଂସ୍କୃତିକ କାର୍ଯ୍ୟ କ୍ରମ ଅନୁଷ୍ଠିତ ହୋଇଥିଲା।

# ମାର୍କେଟ କମ୍ପ୍ଲେକ୍ସ ଏବଂ ଭେଣ୍ଡିଂ ଜୋନ ନିର୍ମାଣ କାର୍ଯ୍ୟ ପାଇଁ ଉପଜିଲ୍ଲାପାଳ କ୍ଷେତ୍ର ପରିଦର୍ଶନ ଓ ସ୍ଥାନ ନିରୂପଣ

ଧାମନଗର ,(ପି.ଏନ): ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା,କ୍ରୀଡ଼ା ଓ ଯୁବ ବ୍ୟାପାର,ଓଡ଼ିଆ ଭାଷା ସାହିତ୍ୟ ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜଙ୍କ ନିର୍ଦ୍ଦେଶ କ୍ରମେ ଭଦ୍ରକ ନିୟନ୍ତ୍ରିତ ବଜାର କମିଟି ଅଧ୍ୟକ୍ଷ ତଥା ଉପଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀ ଧାମନଗର ପରିଦର୍ଶନ କରି ଏନ ଏ ସି ଅଞ୍ଚଳରେ ଥିବା ସରକାରୀ ଜମି ଉପରେ ଆର ଏମ୍ ସି ତରଫରୁ ମାର୍କେଟ କମ୍ପ୍ଲେକ୍ସ ଏବଂ ଭେଣ୍ଡିଂ ଜୋନ ନିର୍ମାଣ ପାଇଁ ସ୍ଥାନ ନିରୂପଣ କରିଛନ୍ତି। ଧାମନଗର ବିଜ୍ଞାପିତ ଅଞ୍ଚଳ ପରିଷଦ ଅନ୍ତର୍ଗତ ମେଡ଼ିକାଲ ବଜାର, ଦକ୍ଷିଣବାଡ ଛକ ଠାରେ ଆରଏମସି ମାର୍କେଟ କମ୍ପ୍ଲେକ୍ସ ସମ୍ପର୍କରେ ସ୍ଥାନୀୟ ଜନସାଧାରଣଙ୍କ ସହ ଆଲୋଚ୍ନା କରିଥିଲେ । ପରେ ବ୍ଲକ ବଜାର ଛକଠାରେ ମାଛ ବ୍ୟବସାୟୀଙ୍କ ପାଇଁ ପ୍ରସ୍ତାବିତ ପିଣ୍ଡି ନିର୍ମାଣ ସ୍ଥଳ ବୁଲି ଦେଖିଥିଲେ। ଭଦ୍ରକ ଫେରିବା ବାଟରେ ପଳିକିରୀ ଛକ ଶିବ ମନ୍ଦିର ଅପର



ପାର୍ଶ୍ୱରେ ଭଦ୍ରକ ନିୟନ୍ତ୍ରିତ ବଜାର କମିଟି ପକ୍ଷରୁ ମାର୍କେଟ କମ୍ପ୍ଲେକ ନିର୍ମାଣ ପାଇଁ ସ୍ଥାନ ନିରୂପଣ କରିଥିଲେ। ଉପ ଜିଲ୍ଲାପାଳଙ୍କ ଗସ୍ତ ସମୟରେ ସ୍ଥାନୀୟ ତହସିଲଦାର ଦୀପକ କୁମାର ଦାସ,ବିଡିଓ ବନବିହାରୀ ଦିନ୍ଦା, ବିଧାୟକ ତଥା ମନ୍ତ୍ରୀଙ୍କ ବ୍ଲକ ପ୍ରତିନିଧି ଅଶୋକ ପୁହାଣ,ନଗର ପ୍ରତିନିଧ କୈଳାଶ ମହାପାତ୍ର,ସାଂସଦଙ୍କ ବ୍ଲକ ପ୍ରତିନିଧି ଅରବିନ୍ଦ ପତି,ନଗର ପ୍ରତିନିଧ ସରୋଜ କୁମାର ମହାପାତ୍ର,ଭଦ୍ରକ ନିୟନ୍ତ୍ରିତ ବଜାର କମିଟି ସମ୍ପାଦକ ମୃତ୍ୟୁଞ୍ଜୟ ପଣ୍ଡା,ହିସାବ ରକ୍ଷକ ରଣଜିତ ଲେଙ୍କା,ରାଜସ୍ୱ ନିରୀକ୍ଷକ ପ୍ରକାଶ ମଲ୍ଲିକ,ଭାରତୀୟ ଜନତା ପାର୍ଟି ବ୍ଲକ ବୁଦ୍ଧିଜୀବୀ ସଂଯୋଜକ ହୃଦାନନ୍ଦ କର,ଯୁବ ନେତା ଆଇନଜୀବୀ ବିଜୟ କୁମାର ରାମ,ଶ୍ରୀକାନ୍ତ ନାୟକ ଓ ଅନ୍ୟ ବିଭାଗୀୟ କର୍ତ୍ତୃପକ୍ଷ ପ୍ରମୁଖ ଉପସ୍ଥିତ ଥିଲେ।

# ଜାତୀୟ ଶିକ୍ଷାନୀତି ୨୦୨୦ ଶୀର୍ଷକ ମଣ୍ଡଳସ୍ତରୀୟ ଆଲୋଚ୍ନାଚକ୍ର ଅନୁଷ୍ଠିତ

ଓଡ଼ଗାଁ,(ପି.ଏନ): ଓଡ଼ଗାଁ ସରକାରୀ କଲ୍ୟାଣ ମଣ୍ଡପ ପରିସରରେ ମିଳିତ ପ୍ରାଥମିକ ଶିକ୍ଷକ ସଂଘ ପକ୍ଷରୁ ବ୍ଲକ୍ ପ୍ରାଥମିକ ଶିକ୍ଷକସଂଘ ସଭାପତି ନରେଶ ପାଣିଗ୍ରାହୀଙ୍କ ସଭାପତିତ୍ୱରେ ଏକ ମଣ୍ଡଳ ସ୍ତରୀୟ ଆଲୋଚ୍ନାଚକ୍ର ଅନୁଷ୍ଠିତ ହୋଇଥିଲା।'ଜାତୀୟ ଶିକ୍ଷାନୀତି-୨୦୨୦' ଶୀର୍ଷକ ଉକ୍ତ ଆଲୋଚ୍ନାଚକ୍ରକୁ ମାନ୍ୟବର ବିଧାୟକ ଡ.ଅରୁଣ କୁମାର ସାହୁ ଉଦଘାଟନ କରିଥିବା ବେଳେ ଜିଲ୍ଲା ପରିଷଦ ଅଧ୍ୟକ୍ଷ ଇଂ.ଦେବାଶିଷ ପଟ୍ଟନାୟକ, ଜିଲ୍ଲା ଶିକ୍ଷାଧିକାରୀ ରାଜଶ୍ରୀ ପଟ୍ଟନାୟକ, ମଣ୍ଡଳ ଶିକ୍ଷାଧିକାରୀ ଗୀତାଞ୍ଜଳି ସାହୁ,ଅତିରିକ୍ତ ମଣ୍ଡଳ ଶିକ୍ଷାଧିକାରୀ କମଳିନୀ ବେହେରା,ରାଜ୍ୟ ଶିକ୍ଷକସଂଘ ମହାସଚ୍ିବ ଜ୍ୟୋତିରଞ୍ଜନ ଦାଶ ସମେତ ଅତିଥିମାନଙ୍କ ସହ ଜିଲ୍ଲା ଶିକ୍ଷକସଂଘ ସାଧାରଣ ସମ୍ପାଦକ ଭକ୍ତରଞ୍ଜନ ମିଶ୍ର,ଏକ୍ସ୍‌କ୍ୟାଡର ସଭାପତି ଜୟକୃଷ୍ଣ ପ୍ରଧାନ ପ୍ରମୁଖ ମଞ୍ଚାସୀନ ହୋଇଥିଲେ।ସିଆରସିସି ଲଳିତ ମୋହନ ମିଶ୍ର ଜାତୀୟ ଶିକ୍ଷା ନୀତି ସମ୍ୱଳିତ ଏକ



ପ୍ରକଳ୍ପ ଉପସ୍ଥାପନ କରିବା ପରେ ଅବସରପ୍ରାପ୍ତ ଅତିରିକ୍ତ ମଣ୍ଡଳ ଶିକ୍ଷାଧିକାରୀ ରବୀନ୍ଦ୍ର କୁମାର ନାୟକ ଏବଂ ଅବସରପ୍ରାପ୍ତ ୧୯ ଜଣ ଶିକ୍ଷକ ଶିକ୍ଷୟିତ୍ରୀ ସେମାନଙ୍କ ବକ୍ତବ୍ୟ ପ୍ରଦାନ କରିଥିଲେ।ମିଳିତସଂଘ ତରଫରୁ ସମସ୍ତଙ୍କୁ ମାନପତ୍ର ଉପଢୌକନ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧନା କରାଯାଇଥିଲା।ବିଧାୟକ ଡ.ସାହୁ ଜାତୀୟ ଶିକ୍ଷାନୀତି ଆଧାରରେ ସରକାରୀ ବିଦ୍ୟାଳୟ ଗୁଡିକରେ ପଢୁଥିବା ଛାତ୍ରଛାତ୍ରୀମାନେ ଅଧିକ ଅଗ୍ରଗତି କରିବା ସହ ଏଥିପାଇଁ ଶିକ୍ଷକ ଶିକ୍ଷୟିତ୍ରୀମାନଙ୍କ ଭୂମିକାକୁ ଭୂୟସୀ ପ୍ରଶଂସା କରିଥିଲେ।ଜିଲ୍ଲା ସିଆରସିସି ସଂଘ ସଭାପତି ଶ୍ରୀଧର ପରିଡ଼ା ସମ୍ପାଦକୀୟ ବିବରଣୀ ପାଠ କରିଥିବାବେଳେ ଶିକ୍ଷକ ଦିଲ୍ଲୀପ କୁମାର ହୋତା ଧନ୍ୟବାଦ ଅର୍ପଣ କରିଥିଲେ।ସିଆରସିସି ଯଶୋବନ୍ତ ପଟ୍ଟନାୟକ, ରାଜେଶ କୁମାର ଷଡ଼ଙ୍ଗୀ,ଶିକ୍ଷକ ରଞ୍ଜନ କୁମାର ଦାଶ,ସଚ୍ଚିଦାନନ୍ଦ ଦାସ,ପରମାନନ୍ଦ ସ୍ୱାଇଁ,ମୋହନ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚ୍ାଳନା କରିଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray